୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

Vol.26 . No.268 Bhubaneswar Saturday December 07 2024 | ୨୬ତମ ବର୍ଷ ସଂଖ୍ୟା–୨୬୮ ଭୁବନେଶ୍ୱର, ଶନିବାର, ଡିସେମ୍ବର ୦୭, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹ 1.50 | (Air Surcharge - 0.50P) | Member-INS





## ସମୃଦ୍ଧ ଓଡ଼ିଶା ପାଇଁ ଏକ ନୂତନ ଯୁଗର ଅୟମାରମ୍ଭ



### ଟ.୬୪୦୦ କୋଟିରୁ ଅଧିକ ମୂଲ୍ୟ ବିକାଶମୂଳକ ପ୍ରକଳ୍ପର

### ଭିତ୍ତିପ୍ରସ୍ତର ସ୍ଥାପନ

**୩ଗୋଟି ନୂତନ ରେଳ ଲାଇନର**

- ବାଙ୍ଗିରିପୋଷି-ଗୋରୁମହିଷାଣୀ
- ବୁଢ଼ାମରା-ଚାକୁଲିଆ
- ବାଦାମପାହାଡ଼-କେନ୍ଦୁଝରଗଡ଼

ଏବଂ

- ଜନଜାତି ଗବେଷଣା ଏବଂ ବିକାଶ କେନ୍ଦ୍ର ରାଇରଙ୍ଗପୁର
- ଦଣ୍ଡାବୋଷ ବିମାନବନ୍ଦର ରାଇରଙ୍ଗପୁର (ଭିଡିଓ କନ୍‌ଫରେନ୍ସିଂ ଜରିଆରେ)
- ଉପମଣ୍ଡଳୀୟ ଚିକିତ୍ସାଳୟ ରାଇରଙ୍ଗପୁର

କରିବେ

## ଶ୍ରୀମତୀ ଦ୍ରୌପଦୀ ମୁର୍ମୁ

ଭାରତର ମହାମହିମ ରାଷ୍ଟ୍ରପତି

୦୭ ଡିସେମ୍ବର, ୨୦୨୪ | ବାଙ୍ଗିରିପୋଷି, ଓଡ଼ିଶା

### ସୁବିଧାସମୂହ

**ନୂତନ ରେଳ ଲାଇନ୍ ସମୂହ**
- ଅଞ୍ଚଳର ବିକାଶ ସହିତ ଅଧିକ ନିଯୁକ୍ତି ସୁବିଧା
- ଓଡ଼ିଶାର ମୟୂରଭଞ୍ଜ ଏବଂ କେନ୍ଦୁଝରଗଡ଼ ଜିଲ୍ଲା ମଧ୍ୟରେ ସଂଯୋଗୀକରଣକୁ ପ୍ରୋତ୍ସାହନ
- ଖଣିଜ ଦ୍ରବ୍ୟ ସମୃଦ୍ଧ ଅଞ୍ଚଳରୁ କଞ୍ଚାମାଲର ସୁଗମ ପରିବହନ

**ଦଣ୍ଡବୋଷ ବିମାନ ବନ୍ଦର**
- ଭାରତ ସରକାରଙ୍କ 'ଉଡ଼େ ଦେଶ କା ନାଗରିକ' (ୟୁଡିଏଏନ୍) ଯୋଜନା ଦ୍ୱାରା ସ୍ଥାନୀୟ ଆକାଶପଥର ସଂଯୋଗୀକରଣ କାର୍ଯ୍ୟକ୍ରମକୁ ପ୍ରୋତ୍ସାହନ
- ଅର୍ଥନୀତି ଏବଂ ପର୍ଯ୍ୟଟନ କ୍ଷେତ୍ରକୁ ଅଗ୍ରାଧିକାର

**ଆଦିବାସୀ ଗବେଷଣା ଓ ବିକାଶ କେନ୍ଦ୍ର**
- ଆଦିବାସୀ ଜୀବନଶୈଳୀ, ବ୍ୟବହାର, ଜୀବନ ଓ ଜୀବିକା, ଐତିହ୍ୟ ଏବଂ ସଂସ୍କୃତି ଆଦି ସମସ୍ତ କ୍ଷେତ୍ରରେ ଗବେଷଣା ଅଧ୍ୟୟନକୁ ଶାଣିତ, ମାନସମନ୍ଥନ ଏବଂ ବିଚାରବିମର୍ଶକୁ ପ୍ରୋତ୍ସାହନ
- ବୈଷୟିକ ଜ୍ଞାନକୌଶଳ ଏବଂ ଆର୍ଥିକ କାର୍ଯ୍ୟକଳାପ କ୍ଷେତ୍ରରେ ଏକ ଦକ୍ଷତା ପ୍ରଶିକ୍ଷଣ ଏବଂ ଉଦ୍ୟୋଗୀ ବିକାଶ ହବ୍ ଭାବେ କାର୍ଯ୍ୟ କରିବ

**ଉପମଣ୍ଡଳୀୟ ଚିକିତ୍ସାଳୟ**
- ସ୍ୱାସ୍ଥ୍ୟସେବାର ପରିସରକୁ ବୃଦ୍ଧି
- ଅତ୍ୟାଧୁନିକ ଏବଂ ବିକଶିତ ସ୍ୱାସ୍ଥ୍ୟସେବା ସୁବିଧାରେ ସୁଧାର

### ସଦୟ ଉପସ୍ଥିତି

**ରଘୁବର ଦାସ** – ରାଜ୍ୟପାଳ, ଓଡ଼ିଶା

**ମୋହନ ଚରଣ ମାଝୀ** – ମାନ୍ୟବର ମୁଖ୍ୟମନ୍ତ୍ରୀ, ଓଡ଼ିଶା

**ଅଶ୍ୱିନୀ ବୈଷ୍ଣବ** – ରେଳ, ସୂଚନା ଏବଂ ପ୍ରସାରଣ, ଇଲେକ୍ଟ୍ରୋନିକ୍ ତଥା ସୂଚନା ପ୍ରଯୁକ୍ତି ବିଦ୍ୟା କେନ୍ଦ୍ର ମନ୍ତ୍ରୀ

**ଜୁଏଲ ଓରାମ୍** – କେନ୍ଦ୍ର ଆଦିବାସୀ ବ୍ୟାପାର ମନ୍ତ୍ରୀ

**ଡ.କୃଷ୍ଣ ଚନ୍ଦ୍ର ମହାପାତ୍ର** – ଗୃହ ଏବଂ ସହରୀ ବିକାଶ, ସାଧାରଣ ଉଦ୍ୟୋଗ ମନ୍ତ୍ରୀ, ଓଡ଼ିଶା ସରକାର

**ଗଣେଶ ରାମ ସିଂଖୁଣ୍ଟିଆ** – ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ଏବଂ ଶ୍ରମ ଓ କର୍ମଚାରୀ ରାଜ୍ୟ

**ମମତା ମହାନ୍ତ** – ସାଂସଦ, ରାଜ୍ୟ ସଭା

**ନବ ଚରଣ ମାଝୀ** – ସାଂସଦ, ଲୋକ ସଭା

**ସଞ୍ଜାଳି ମୁର୍ମୁ** – ବିଧାୟକ, ବାଙ୍ଗିରିପୋଷି








## ଟି ଟାଇମ୍

## ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ'ଣ ସେହି ଗଛ ନିଜେ ହିଁ ସେ ଅଞ୍ଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧ୍ୟରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧ୍ୟରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଳି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧ୍ୟରେ ରଖିଦିଅନ୍ତି । ତା'ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଋଦର ବ୍ୟବହାର କରନ୍ତି । ଗଛ ମଧ୍ୟରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଋଲିଗଲା ।

## ସବୁଠାରୁ ବଡ଼ ଦାନ

ତୃଷିତଙ୍କୁ ପାଣିଦେବା ଓ କ୍ଷୁଧିତକୁ ଭୋଜନ ଦେବା ଦୁନିଆର ସବୁଠୁ ବଡ଼ ଦାନ ବୋଲି ଶାସ୍ତ୍ର କହିଥାଏ । ଭୋଜନ ଦେବା ପରେ ଯଦି ଭୋକ ଶାନ୍ତ ହୋଇଯାଏ ତ ସବୁ ବସ୍ତୁ ସୁନ୍ଦର ଦେଖାଯାଏ । କିନ୍ତୁ ଦୁଇ-ତିନିଦିନର ଭୋକିଲା ଲୋକକୁ ଟଙ୍କା ବିଡ଼ା ଦିଅଯାଏ ଅଥବା ସୁନା,ରୂପା ଦେଲେ ମଧ ସେ ନିଜର ପେଟକୁ ଖାଇବା ପାଇଁ ଅନୁରୋଧ କରିଥାଏ । ତେବେ ପେଟ ପୂରିବା ପରେ ଯାଇ ତାକୁ ଧନ ଦୌଲତ ଭଲ ଲାଗିଥାଏ। ଭୋକିଲା ଲେକଙ୍କୁ ଖାଦ୍ୟ ଦରକାର ଟଙ୍କାର ବିଡ଼ା ନୁହେଁ । ପେଟର ଭୋକ ଶାନ୍ତ ହେବାପରେ ଯାଇ ଟଙ୍କା, ସୁନା, ଘର ଦ୍ୱାରା, ସ୍ତ୍ରୀ, ପୁତ୍ର, ଭୋଗ ଜାଗ୍ରତ ହୋଇଥାଏ । ଶୋଷ ଲାଗିଲେ ସାରା ଦୁନିଆଁ ମଧ ନୀରସ ଦେଖାଯାଏ । ଶୋଷରେ ବ୍ୟାକୁଳ ଲୋକ ଗୋଟିଏ ମାତ୍ର ଜିନିଷ ଆବଶ୍ୟକ କରେ ତାହା ହେଉଛି ପାଣି । ପାଣି ହିଁ ଜୀବନ ଅଟେ ପାଣି ନମିଳିଲେ ଜୀବନ ମୃତ୍ୟୁସମାନ ହୋଇଯାଏ । ସେଥିପାଇଁ କୁହାଯାଇଛି ଜଳହିଁ ଜୀବନ । ତେଣୁ ଏଥିପାଇଁ କୁହାଯାଏ ଯଦି ଭୋକିଲା ଲୋକକୁ କିଛି ଖାଦ୍ୟ କିମ୍ବା ଶୋଇଲା ଲୋକଙ୍କୁ ଜଳଦାନ କରାଯାଏ ତେବେ ତାହା ସର୍ବଶେଷ୍ଠ ଦାନରେ ପରିଗଣତି ହୋଇଥାଏ, ଦାନ କରିଥିବା ବ୍ୟକ୍ତି ମୋକ୍ଷ ପ୍ରାପ୍ତି କରିଥାଏ ।

## ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ

ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାବ୍ରୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ ।

## ପୁରାଣ କାହାଣୀ

## ପଣ୍ଡୁ ଓଷା



ମାର୍ଗଶିର ମାସର ପୂର୍ଣ୍ଣିମା ଦିନ ଏହି ଓଷା ପାଳନ କରାଯାଏ। ମାର୍ଗଶିର ପୂର୍ଣ୍ଣିମାକୁ ପଣ୍ଡୁ ପୂର୍ଣ୍ଣିମା ମଧ କୁହାଯାଏ। ଏହି ସମୟରେ ହେମନ୍ତ ଋତୁ ସରି, ଶୀତର ଆରମ୍ଭ ହେଉଥାଏ। ସକାଳୁ ସକାଳୁ କୁହୁଡି ହେତୁ ସର୍ବତ୍ର ଫିକାଧଳା ବା ପାଣ୍ଡୁରା ବର୍ଣ୍ଣ ଦିଶୁଥାଏ। ଏଣୁ ଏହି ପୂର୍ଣ୍ଣିମାର ନାଁ ପଣ୍ଡୁ ପୂର୍ଣ୍ଣିମା କୁହାଯାଏ। ବଡ ଓଷା ପରି ଏହି ବ୍ରତକୁ ଗଜ ବସାଇ ପାଳନ କରାଯାଏ। ନାରୀମାନେ ଏହି ବ୍ରତ ମାଧ୍ୟମରେ ଯମରାଜଙ୍କୁ ପୂଜା ବା ଉପାସନା କରନ୍ତି। ଏହାର ମୁଖ୍ୟ ଉଦ୍ଦେଶ୍ୟ ପୁତ୍ର ସନ୍ତାନ କାମନା। ଏହି ବ୍ରତ ପାଳନରେ କିଛି ସ୍ୱତନ୍ତ୍ର ବିଧି ରହିଛି। ଏଥି ପାଇଁ ଗୃହ ଚଟାଣକୁ ଗୋବରରେ ଚକ୍କଣ କରି ଲିପାଯାଏ। ଚିତା ଓ ମୁରୁଜ ତା' ଉପରେ ପକାଯାଏ। ଗଜକୁ ସ୍ଥାପନ କରାଯାଏ ଏବଂ ପୂଜନ ବିଶେଷକରି ପୁରୋହିତଙ୍କ ଦ୍ୱାରା ଯମରାଜଙ୍କୁ ଆବାହନ, ପୂଜନ ଏବଂ ନୈବେଦ୍ୟ ଅର୍ପଣ ପୂର୍ବକ ଭକ୍ତି ପ୍ରଣତି ବଢ଼ାଯାଏ। ଏହି ପୂଜାର ମୁଖ୍ୟ ଭୋଗ ହେଉଛି ମଣ୍ଡା ପିଠା। ପୂର୍ବ ପ୍ରସ୍ତୁତି ଅନୁଯାୟୀ ନୂଆ ଗୋବର ଲିପା ଟୋକେଇ ବା ପାଛିଆରେ ପୁରୁଣା ଧାନ ଆଣି ଢ଼ିଙ୍କିରେ କୁଟି ଚାଉଳ କରାଯାଏ। ଏହି ଚାଉଳକୁ ପୁଣି ଚୂନା କରି ସେଥିରେ ନଡିଆ ଦେଇ ନଡିଆ ମଣ୍ଡା କରାଯାଏ ଓ ପୂଜାଭୋଗ କରାଯାଏ। ଏହା ସହିତ ଖଇ, କଦଳୀ, ଫଳ ଏବଂ ଛେନା ଆଦି ଭୋଗ ମଧ ବଢ଼ାଯାଏ। ପଣ୍ଡୁଓଷା ଏକ ନିଷ୍ଠାର ବ୍ରତ। ନାରୀଜାତି ବିଶେଷ କରି ମା'ମାନଙ୍କ ପାଇଁ ଏହା ଗୁରୁତ୍ୱପୂର୍ଣ୍ଣ ଅଟେ।

## ପଠାଣି ସାମନ୍ତ



ଆଜିର ଦିନରେ ମହାମହୋପାଧ୍ୟୟ ସାମନ୍ତ ଚନ୍ଦ୍ରଶେଖରଙ୍କ ଜନ୍ମ ଦିନ ପାଳନ କରାଯାଉଛି । ୧୮୩୫ ମସିହା ଡିସେମ୍ବର ୧୩ ତାରିଖରେ ପୌଷ କୃଷ୍ଣ ଅଷ୍ଟମୀ ତିଥିରେ ଚନ୍ଦ୍ରଶେଖର ଖଣ୍ଡପଡାର ଏକ ରାଜବଂଶରେ ଜନ୍ମ ଗ୍ରହଣ କରିଥିଲେ। ବହୁ ସନ୍ତାନ ନଷ୍ଟ ହୋଇଯିବା ପରେ ମାତାପିତା ଚନ୍ଦ୍ରଶେଖରଙ୍କର ଦୀର୍ଘାୟୀ ଓ ମଙ୍ଗଳ କାମନା କରିଥିଲେ। ପରେ ଖଣ୍ଡପଡା ନିକଟସ୍ଥା ଖୁଣ୍ଟୁପଡା ନିକଟସ୍ଥ ଖୁଣ୍ଟୁପଡା ଗ୍ରାମସ୍ଥିତ ମହାଦେବ ଶ୍ରୀ ଶ୍ରୀ ଚନ୍ଦ୍ରଶେକରଙ୍କ ପ୍ରସାଦରୁ ଏହି ବାଳକ ଜନ୍ମ ଗ୍ରହଣ କରିଥିବାର ବିଶ୍ୱାସ କରି ପିତାମାତା ତାଙ୍କର ନାମ ଚନ୍ଦ୍ରଶେଖର ରଖିଥିଲେ। ଡାକ ନାମ ତାଙ୍କର ପଠାଣି ବି ଥିଲା । ପଠାଣିଙ୍କର ପୂରା ନାମ ହେଉଛି ଚନ୍ଦ୍ରଶେଖର ସିଂହ ହରିଚନ୍ଦନ ମହାପାତ୍ର। ଚନ୍ଦ୍ରଶେଖର ପିଲାବେଳୁ ଉଦାସୀନ, ମନଯୋଗୀ, ଏକାଗ୍ରଚିତ୍ତ, ଅଧ୍ୟବସାୟୀ ଓ ଉଦାରମନା ଥିଲେ। ବିଚିତ୍ରବର୍ଣ୍ଣ। ବ୍ରହ୍ମଣ୍ଡର ନାକ୍ଷତ୍ରିକ ଗତିବିଧି ପ୍ରତି ଆକୃଷ୍ଟ ହୋଇଥିଲେ ସେ। ଜ୍ୟୋତିଷବିଦ୍ୟା ଜାଣିବା ପାଇଁ ଆଗ୍ରହୀ ହୋଇ ଦଶବର୍ଷ ବୟସରେ ପଠାଣି ନିଜ ବାପାଙ୍କ ଠାରୁ କିଛରି ଜ୍ୟୋତିର୍ବିଜ୍ଞାନ ଶିଖିଥିଲେ। ସେତେବେଳେ ତାଙ୍କ ବାପା ଜଣେ ପ୍ରଧାନ ଗାଣିତିକ ଥିଲେ। ବାପାଙ୍କ ସହିତ ଗଣିତ ଜ୍ୟୋତିଷର ଆଲୋଚନା ମାଧ୍ୟମରେ ଶିକ୍ଷା ଲାଭ କରିଥିଲେ। ସେ ପୁରାତନ ଜ୍ୟୋତିଷ ଶାସ୍ତ୍ରମାନ ପର୍ଯ୍ୟାଲୋଚନା କରି ତାରା ଜଗତର ଗତିବିଧି ଅନୁଧାନ କରିବା ସହ ସୂକ୍ଷ୍ମ ଯନ୍ତ୍ରମାନ ଉଦ୍ଭାବନ କରିଥିଲେ। ଦୁଇଟି ବାଉଁଶ ନଳ ସାହାଯ୍ୟରେ ଦୂର ପାହାଡକୁ ମାପି ଦୂରବୀକ୍ଷଣ ଯନ୍ତ୍ର ନିର୍ମାଣ କରିଥିଲେ। ପଠାଣୀ ସାମାନ୍ତ ୧୮୬୯ ରେ 'ସିଦ୍ଧାନ୍ତ ଦର୍ପଣ' ଲେଖିବା ଆରମ୍ଭ କରିଥିଲେ। ୧୮୯୨ ରେ ଏହି ଗ୍ରନ୍ଥ ରଚନା ଲେଖା ଶେଷ ହୋଇଥିଲା। ସିଦ୍ଧାନ୍ତ ଦର୍ପଣ ମୂଳତଃ ସଂସ୍କୃତ ଭାଷାରେ ଶ୍ଳୋକ ମାନଙ୍କରେ ରଚିତ, ଗ୍ରନ୍ଥଟିରେ ରହିଛି ଚବିଶଟି ପ୍ରକାଶ (ସର୍ଗ)। ଏହି ଗ୍ରନ୍ଥର ମୋଔଟ ଶ୍ଳୋକ ସଂଖ୍ୟା ୨୫୦୦। ଏଥିରେ ପାଟି ଗଣିତ, ବୀଜଗଣିତ, ସ୍ଥୁଳ ଓ ସୂକ୍ଷ୍ମଗ୍ରହ ଗଣନା, ପଜୟାଦିର ବାଖ୍ୟା, ନଦୀ ଓ ପାହାଡମାନଙ୍କର ଭୌଗଳିକ ମାସ ଓ ସ୍ଥିତି ଆଦି ଆରାଧ୍ୟ ଦେବତା ଶ୍ରୀଜଗନ୍ନାଥ ଓ ଶ୍ରୀକୃଷ୍ଣଙ୍କ ଆଶୀର୍ବାଦ ଭିକ୍ଷା କରାଯାଇଛି । ନିରବଚ୍ଛିନ୍ନ ଅଧ୍ୟବସାୟ, ଇଚ୍ଛାଶକ୍ତି ଓ ଅବିଶ୍ରାନ୍ତ ଗବେଷଣା ଫଳରେ ଦୂରଦୂରାନ୍ତର ଜ୍ୟୋତିଷ ମଣ୍ଡଳର ଗ୍ରହ ନକ୍ଷତ୍ରର ସ୍ଥିତି ଓ ଚଳନ ନିର୍ଭୁଲ ଭାବେ ଗଣନା କରିପାରୁଥିଲେ ପଠାଣି ସାମନ୍ତ।

## ଆଜିର ଭାଗ୍ୟ

**ମେଷ** — ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** — ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** — ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।

**କର୍କଟ** — ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** — ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** — ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** — ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** — ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** — ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** — କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** — ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** — ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।

## ସିଂହ ସହିତ ବନ୍ଧୁତା



ସିଂହ, ବାଘ ଭଳି ହିଂସ୍ର ଜନ୍ତୁଙ୍କର ନାମ ଶୁଣିଲେ ସମସ୍ତଙ୍କ ମନରେ ଭୟ ଆସିଯାଏ । କିନ୍ତୁ ଜଣେ ଝିଅ ଅଛି ଯିଏ ସିଂହ ଓ ବାଘମାନଙ୍କ ଗହଣରେ ବିନା ଡରଭୟରେ ରହିଥାଏ । ହଁ, ଆଜ୍ଞା ନାମ୍ବିୟାର ବୁଶ ଗର୍ଲ ନାମରେ ପ୍ରସିଦ୍ଧ ମାର୍ଲିସି ଭାନଡେର ମେରୱେ ବିନା ଡରରେ ସିଂହ ଓ ବାଘ ପାଖକୁ ଯାଇଥାନ୍ତି । ସୋସିଆଲ ସାଇଡ଼ରେ ବି ଏହି ଝିଅର ସାହସିକତା ଭିଡ଼ିଓ ଭାଇରାଲ ହୋଇସାରିଲାଣି ଓ ସେ ଝିଅଟି ସେନ୍ ବୁସମେନ୍ ସମୁଦାୟ ପାଖରେ ରହୁଥିବା କାରଣରୁ ତାକୁ ବୁସ୍ ଗର୍ଲର ନାମ ଦିଆଯାଇଛି । କହି ରଖୁଛୁ ନାମ୍ବିୟାର ପ୍ରସିଦ୍ଧ ସଂରକ୍ଷଣବାଦୀ ଓ ଟିଭି କାର୍ଯ୍ୟକ୍ରମ ପ୍ରସ୍ତୁତକର୍ତ୍ତା ମର୍ଲିସି ଯିଏ ୩୦ବର୍ଷରୁ ଏହି ବନ୍ୟ ଜନ୍ତୁଙ୍କ ମଧ୍ୟରେ ରହିଆସୁଛନ୍ତି । କଥା କ'ଣ କି ନାମ୍ବିୟାର ଜାତୀୟ ଉଦ୍ୟାନରେ ବନ୍ୟଜନ୍ତୁଙ୍କ ମଧ୍ୟରେ ତାଙ୍କ ପିତାଙ୍କର ଫାର୍ମ ହାଉସ ଅଛି ଓ ସେଠି ୯ରୁ ଅଧିକ ଜଙ୍ଗଲୀ ଚିତା ଅଛନ୍ତି । ମର୍ଲିସି ଚିତାମାନଙ୍କୁ ଡରିବା ପରିବର୍ତ୍ତେ ଚିତାମାନେ ତାଙ୍କର ବୋଲମାନନ୍ତି । ମର୍ଲିସି ବିନା ଭୟରେ ତାଙ୍କର ମୋଟର ଗାଡ଼ି ଧରି ଋଲିଯା'ନ୍ତି ଚିତାଙ୍କ ଗହଣକୁ। ଚିତା ଯେତେବେଳେ ଆକ୍ରମଣ କରିବା ପାଇଁ ଆସନ୍ତି ମର୍ଲିସିଙ୍କୁ ଦେଖି ଶାନ୍ତ ହୋଇଯା'ନ୍ତି ।

## ସୁସ୍ଥ ପରିବେଶ ପାଇଁ ଅଶ୍ୱଥଙ୍କ ଉଦ୍ୟମ

ପରିବେଶକୁ ସୁହାଇବା ଭଳି ପଦକ୍ଷେପ ନେବାର ଆଇନକାନୁନ୍ ବନିଯାଉଛି। କାଗଜରେ ନିର୍ଦ୍ଦେଶ ବି ଆସୁଛି। ହେଲେ ତୃଣମୂଳ ସ୍ତରରେ ପରିବର୍ତ୍ତନର ଧାରା ଆଦୌ ଆରମ୍ଭ ହେଉନାହିଁ। ତା'ର କାରଣ ହେଲା, ସେହି ଜିନିଷ ବଦଳରେ ପରିବେଶ ଉପଯୋଗୀ ଜିନିଷର ଚଳନ କରୁନାହାନ୍ତି କେହି। ଏ ଅଭାବକୁ ବୁଝି ଜଣେ ଯୁବକ ନିଜ ବ୍ୟକ୍ତିଗତ ପ୍ରୟାସରେ ପଲିଥିନ୍ ବ୍ୟାଗ୍ ବଦଳରେ ପରିବେଶ ଉପଯୋଗୀ ବ୍ୟାଗ୍ ତିଆରି କରି ନିଜ ସହରର କଲ୍ୟାଣ ଦିଗରେ ଦେଉଛନ୍ତି ବଡ଼ ଯୋଗଦାନ।...ବାଙ୍ଗାଲୋର ନଗରନିଗମ ପକ୍ଷରୁ ୨୦୧୨ରେ ସ୍ୱାସ୍ଥ୍ୟ ତଥା ପରିବେଶ ପାଇଁ ହାନିକାରକ ହେତୁ ପଲିଥିନର ବ୍ୟବହାର ବନ୍ଦ କରାଯାଇଥିଲା। କିନ୍ତୁ ଲୋକମାନଙ୍କ ପାଇଁ କୌଣସି ବିକଳ୍ପର ସୁବିଧା କରାଯାଇନଥିଲା। ଯାହାକି ସାଧାରଣ ଲୋକମାନଙ୍କ ପାଇଁ ଅନେକ ସମସ୍ୟା ସୃଷ୍ଟି କରିଥିଲା। ଆଉ ନିଜ ସହରବାସୀଙ୍କ ଏହି ସମସ୍ୟା ଅଶ୍ୱଥଙ୍କ ଚିନ୍ତାର କାରଣ ପାଲଟିଥିଲା। ସେ ଏହାକୁ ଦୂର କରିବା ଯୋଜନାର ଅନୁସନ୍ଧାନରେ ଲାଗିଯାଇଥିଲେ। ପ୍ରାୟ ଚାରିବର୍ଷର ପ୍ରସ୍ତୁତି ଓ ପ୍ରୟାସ ପରେ ଅଶ୍ୱଥ ପ୍ରତିଷ୍ଠା କଲେ 'ଏନଭିଗ୍ରୀନ' ନାମରେ ଏକ କମ୍ପାନୀ। ଏହି କମ୍ପାନୀ ଲୋକମାନଙ୍କୁ ଯୋଗାଇଦେଉଛି ପରିବେଶ ଅନୁକୂଳ ବିଭିନ୍ନ ବ୍ୟାଗ। ପ୍ଲାଷ୍ଟିକ ବ୍ୟାଗ ପରି ଦେଖାଯାଉଥିବା ଏହି ବ୍ୟାଗ ଗୁଡିକର ପ୍ରସ୍ତୁତ ପ୍ରଣାଳୀ ସମ୍ପୂର୍ଣ୍ଣ ଭିନ୍ନ ହୋଇଥାଏ। ବିନା କୌଣସି ରସାୟନିକ ସାମଗ୍ରୀର ବ୍ୟବହାରରେ କେବଳ ଆଳୁ, ପାଳୁଅ, କଦଳୀ, ତେଲ ଇତ୍ୟାଦି ୧୨ଟି ସାମଗ୍ରୀର ବ୍ୟବହାର କରାଯାଇ ପ୍ରସ୍ତୁତ କରାଯାଉଛି ବ୍ୟାଗ। ପ୍ରଥମେ ଏହି କଞ୍ଚାମାଲ ଗୁଡିକୁ ଏକ ତରଳ ପଦାର୍ଥରେ ପରିଣତ କରାଯାଇ ପରକୁ ପର ୬ଟି ଧାରାରେ ଗତି କରାଯାଇ ଏହା ପ୍ରସ୍ତୁତ କରାଯାଏ। ଏହି ବ୍ୟାଗ ଗୁଡିକୁ ଗୋଟିଏ ଗ୍ଲାସ ଥଣ୍ଡା ପାଣିରେ ବୁଡାଇ ରଖିଲେ ଗୋଟିଏ ଦିନରେ ଏହା ମିଳାଇଯିବ ଏବଂ ଯଦି ଗରମ ପାଣିରେ ଏହାକୁ ରଖାଯାଏ ତେବେ ମାତ୍ର ୧୫ ସେକେଣ୍ଡରେ ଏହା ମିଳାଇଯିବ। ବ୍ୟବହାର ଅନୁପୋଯୋଗୀ ହେବା ପରେ ଏହାକୁ ଫୋପାଡି ଦେବା ପରେ ଖୁବ୍ କମ୍ ଦିନ ମଧ୍ୟରେ ଏହା ମାଟିରେ ମିଳାଇଯିବ। ସମ୍ପୂର୍ଣ୍ଣ ଭାବେ ଖାଦ୍ୟପଦାର୍ଥରେ ପ୍ରସ୍ତୁତ ହୋଇଥିବାରୁ କୌଣସି ପଶୁ ଖାଇଲେ ମଧ୍ୟ ତାଙ୍କ ସ୍ୱାସ୍ଥ୍ୟ ପକ୍ଷେ ହାନିକାରକ ହେବ ନାହିଁ। କର୍ଣ୍ଣାଟକ ରାଜ୍ୟ ପ୍ରଦୂଷଣ କଣ୍ଟ୍ରୋଲ ବୋର୍ଡ ପକ୍ଷରୁ ମଧ୍ୟ ଏହି ବ୍ୟାଗକୁ ନେଇ ଅନେକ ପରୀକ୍ଷଣ କରାଯାଇଛି। ଏହି ବ୍ୟାଗ ଗୁଡିକୁ ଜଳାଇବା ଦ୍ୱାରା ନା ଏହା ତରଳୁଛି, ନାହିଁ ଏଥିରୁ କୌଣସି ରାସାୟନିକ ପଦାର୍ଥ କ୍ଷରଣ ହେଉଛି। ସେଣ୍ଟ୍ରାଲ ଇନଷ୍ଟିଚ୍ୟୁଟ ଅଫ୍ ପ୍ଲାଷ୍ଟିକ ଇଞ୍ଜିନିୟରିଂ ଏବଂ ଶ୍ରୀରାମ ଇନଷ୍ଟିଚ୍ୟୁଟ ଫର୍ ଇଣ୍ଡଷ୍ଟ୍ରୀଆଲ୍ ରିସର୍ଚ୍ଚ ପକ୍ଷରୁ ମଧ୍ୟ ଏହାର ପରୀକ୍ଷଣ କରାଯାଇ ବ୍ୟବହାର ନିମନ୍ତେ ଅନୁମତି ଦିଆଯାଇଛି। ସମସ୍ତ କ୍ଷେତ୍ରରୁ ଅନୁମତି ପାଇବା ପରେ ଅଶ୍ୱଥ ନିଜ ଟିମ୍ ର ୬୦ଜଣ ସଦସ୍ୟଙ୍କ ସହ ମିଶି ବାଙ୍ଗାଲୋରଠାରେ ଏକ କାରଖାନା ପ୍ରତିଷ୍ଠା କରିଛନ୍ତି। ଏହି କାରଖାନାରୁ ପ୍ରତି ମାସରେ ପ୍ରାୟ ୧ହଜାର ମେଟ୍ରିକ ଟନ୍ ବ୍ୟାଗ୍ ପ୍ରସ୍ତୁତ କରାଯାଉଛି। ତାଙ୍କର ଏହି ପ୍ରୟାସ ଦ୍ୱାରା କର୍ଣ୍ଣାଟକ ଗ୍ରାମାଞ୍ଚଳର କୃଷକ ମାନେ ମଧ୍ୟ ଲାଭବାନ ହୋଇପାରୁଛନ୍ତି। କମ୍ପାନୀ ସେମାନଙ୍କ ଠାରୁ କଞ୍ଚାମାଲ କିଣିବା ସହ ସେମାନଙ୍କୁ କଞ୍ଚାମାଲ ଉତ୍ପାଦନ ପାଇଁ ବିହନ ଯୋଗାଇ ଦେଉଛି। ଭାରତର ସବୁ ସ୍ଥାନରେ ଏହି ବ୍ୟାଗ ଗୁଡିକ ବର୍ତ୍ତମାନ ପର୍ଯ୍ୟନ୍ତ ମିଳିପାରିନାହିଁ କିନ୍ତୁ ଅଶ୍ୱଥଙ୍କ କାର୍ଯ୍ୟସ୍ଥଳ କତରରେ ଏହା ଉପଲବ୍ଧ ହୋଇପାରୁଛି। ଅଶ୍ୱଥଙ୍କ କହିବାନୁଯାୟୀ, କେବଳ ବାଙ୍ଗାଲୋର ପରି ସହରରେ ପ୍ରତି ମାସରେ ପ୍ରାୟ ୩୦ହଜାର ମେଟ୍ରିକ ଟନ୍ ବ୍ୟାଗର ଆବଶ୍ୟକ ହୋଇଥାଏ। ତେଣୁ ସମସ୍ତ ସହରରେ ଏହାର ବ୍ୟବହାର ପାଇଁ ଅଧିକ କାରଖାନା ପ୍ରତିଷ୍ଠା କରିବାର ଲକ୍ଷ୍ୟ ରଖିଛୁ। ବର୍ତ୍ତମାନ ପର୍ଯ୍ୟନ୍ତ ରିଲାଏନ୍ସ ପରି କମ୍ପାନୀ ମାନଙ୍କୁ ବ୍ୟାଗ ଯୋଗାଇ ଦିଆଯାଇଛି। ଚଳିତ ଡିସେମ୍ବରଠାରୁ ସେମାନେ ଏହାର ବ୍ୟବହାର ଆରମ୍ଭ କରିଦେଇଛନ୍ତି। ପରିବେଶ ସୁରକ୍ଷା ଦିଗରେ ଅଶ୍ୱଥଙ୍କ ଏହି ପ୍ରୟାସକୁ ଅନେକ ପରିବେଶବିତ୍ ପ୍ରଶଂସା କରିଛନ୍ତି।






# ଜିଆଖତ-ଜୈବିକ କୃଷିର ପ୍ରମୁଖ ଦିଗ

**ସୁବ୍ରତ କୁମାର ମହାନ୍ତି**

ଏକବିଂଶ ଶତାବ୍ଦୀରେ ଏ ଯୁଗ ଉପନୀତ । ଯୁଗ ସହ ଯେମିତି ମଣିଷ ବଦଳୁଛି, ସେମିତି ବଦଳୁଛି ଏ ସମାଜ । ବଦଳି ମଧ୍ୟ ଯାଉଛି ଜୀବନ ଧାରଣର ପ୍ରତ୍ୟେକଟି ଧାରା । ଆଉ ଏଥିରୁ କୃଷି ବା ବାଦ୍ ଯିବ କେମିତି । ପ୍ରଥମେ ଜୈବିକ ପ୍ରଣାଳୀ ଅର୍ଥାତ ଜୈବିକ ସାର, ଜୈବିକ ଉପାୟରେ ରୋଗ ପୋକ ଦମନ ଇତ୍ୟାଦି ବ୍ୟବହାର କରୁଥିବା ମଣିଷ, କ୍ରମବର୍ଦ୍ଧିଷ୍ଣୁ ଜନ ସଂଖ୍ୟାକୁ ଆଖି ଆଗରେ ରଖି ଉତ୍କଟ ରସାୟନର ବ୍ୟବହାର କରେ । ଆଉ ବର୍ତ୍ତମାନ ଉକ୍ତ ଉତ୍କଟ ରସାୟନର କୁପ୍ରଭାବର ଜନସମୁଦାୟକୁ ରକ୍ଷା କରିବା ଲକ୍ଷ୍ୟରେ ପୁନଃ ଜୈବିକ ପଦ୍ଧତି ଆଡ଼କୁ ଅଗ୍ରସର ହୁଏ । ଅତଏବ୍ ଜିଆଖତ ଏକ ପ୍ରମୁଖ ଜୈବିକ ଉପାୟ ଯେଉଁଥିରେ ଜୈବ ଅବଶେଷ ବା ବାୟୋୱେଷ୍ଟର ପୁନଃ ସଦବ୍ୟବହାର ହୋଇପାରେ । ଜଣେ ସାଧାରଣ ଚାଷୀ ପାଇଁ ପରିବେଶ ପ୍ରଦୂଷଣ ତଥା ରସାୟନିକ ସାରର ବର୍ଦ୍ଧିତ ମୂଲ୍ୟ କଥା ବିଚାରକୁ ନେଲେ, ଜିଆଖତ ପ୍ରୟୋଗ ଏକ ଉତ୍ତମ ଜୈବିକ ଉପାୟ ଯାହା ଉଭୟ ଗ୍ରାମାଞ୍ଚଳ ଓ ସହରାଞ୍ଚଳରେ କମ୍ ଖର୍ଚ୍ଚ ଜୈବିକ ଅବଶେଷକୁ ପୁନଃ ବ୍ୟବହାର କରିବା ଉପରେ ଗୁରୁତ୍ୱ ଦେଇଥାଏ । ଆମେ ଅନେକ ଯାଗାରେ ପଢ଼ିଛେ କୃଷକର ବନ୍ଧୁ ଜିଆ । ତେଣୁ ଜିଆକୁ ପାଳନ କରି କୃଷିଜାତ ଅବଶେଷକୁ ଖାଇବାକୁ ଦେଇ ଜିଆର ମଳ ବା ପାଚନ ନହୋଇଥିବା ଅବଶିଷ୍ଟାଂଶରୁ ବ୍ୟବହାର କରି ଯେଉଁ ଖତ ପ୍ରସ୍ତୁତ କରାଯାଏ ତାକୁ ଜିଆଖତ ବୋଲି ଆଖ୍ୟା ଦିଆଯାଏ, ଏହି ଜିଆଖତରେ ଆପାତତଃ ଶତକଡ଼ା ୩ ପ୍ରତିଶତ ଯବକ୍ଷାରଯାନ, ୧ ପ୍ରତିଶତ ଫସଫରସ, ୧.୫ ପ୍ରତିଶତ ପଟାସିୟମ ରହିଥାଏ । ତତ୍‌ସହିତ ବିଭିନ୍ନ ଜୀବସାର, ରୋଗପ୍ରତିରୋଧକାରୀ ପଦାର୍ଥ ତଥା ବହୁ ଉପକାରୀ ଜୈବତ୍ୱରକ (ଏନ୍‌ଜାଇମ) ରହିଥାଏ ଯାହା କୃଷକ ଅବଶେଷର ଜୈବବିଘଟନରେ ପ୍ରମୁଖ ଭୂମିକା ଗ୍ରହଣ କରିଥାଏ । ଜିଆଖତରେ ପ୍ରୟୋଗ ଫଳରେ ମାଟିର ଉର୍ବରତା ବୃଦ୍ଧିପାଏ ଏବଂ ଯବକ୍ଷାରଜାନ ବିବନ୍ଧନ କରୁଥିବା ବୀଜାଣୁ ଗୁଡ଼ିକ ଉପରେ ଏହା ସୁପ୍ରଭାବ ପକାଇଥାଏ ।

**ପ୍ରସ୍ତୁତି ପ୍ରଣାଳୀ :**

ଜିଆଖତ ପ୍ରସ୍ତୁତିରେ କେତେଗୋଟି ଦିଗପ୍ରତି ଧ୍ୟାନ ଦେବାକୁ ପଡ଼େ ପ୍ରଥମେ ଉତ୍ତମମାନର, ଜିଆଚୟନ କରିବା ଜରୁରୀ ପରିବେଶ, ମୃତ୍ତିକାର ପ୍ରକାର, କୃଷିଜ ଅବଶେଷର ପ୍ରକାର ଇତ୍ୟାଦିକୁ ବିଚାରକୁ ନେଇ ଜିଆର



ବିଭିନ୍ନ ପ୍ରଜାତି ଚୟନ କରିବାକୁ ହୁଏ । ସାଧାରଣତଃ ଆମ ଦେଶରେ ଜିଆଖତ ପ୍ରସ୍ତୁତି ପାଇଁ ଦୁଇଟି ଜିଆ ପ୍ରଜାତିକୁ ଚୟନ କରାଯାଉଛି । ସେଗୁଡ଼ିକ ହେଲା ଏଇସିନିଆ ଫୋଏଟିଡ଼ା ଏବଂ ଇଉଡ୍ରିଲସ ଇଉଜେନି, ବଡ଼ କାଠ, ପ୍ଲାଷ୍ଟିକ ବା ସିମେଣ୍ଟ କୁଣ୍ଡ (ସର୍ବାଧିକ ୧ମି ୧ମି ୦.୫ମି) ଯେଉଁଥିରେ ପ୍ରାୟ ୧୫୦୦ ଜିଆର ବ୍ୟବହାର ହୋଇପାରିବ, ତାହାକୁ ନିଆଯାଏ ଏବଂ ଘର ଭିତରେ ଜିଆଖତ ପ୍ରସ୍ତୁତି କରିବା ସବୁବେଳେ ଗ୍ରହଣୀୟ । କୁଣ୍ଡର ତଳସ୍ତରରେ କୃଷିଜାତ ଅବଶିଷ୍ଟାଂଶ (ଜୈବବିଘଟନ ଯୋଗ୍ୟ)ର ,କ ସ୍ତର ଦିଆଯାଏ ଯାହା ୫ ସେ.ମି ଉଚ୍ଚତାର ହୋଇଥାଏ । ତା ଉପରେ ବିଘଟିତ ଗୋବରର ଏକ ୫ ସେମିର ସ୍ତର ଆଚ୍ଛାଦନ କରିବାକୁ ପଡ଼େ । ଏହିପରି ଗୋଟିଏ ପରେ ଗୋଟିଏ ସ୍ତର ଦେଲାପରେ ସର୍ବଉପର ଯଥାଯଥ ଜଳ ସିଞ୍ଚନ କରି ସଂପୂର୍ଣ୍ଣ ଆର୍ଦ୍ରତାକୁ ୩୦ ରୁ ୪୦ ପ୍ରତିଶତ ରଖାଯାଏ । ଏହା ଉପରେ ବିଘଟନକାରୀ ଜିଆକୁ ଛଡ଼ାଯାଏ ଏବଂ ଏହା ଉପରେ କିଛି ମାଟି ଘୋଡ଼ାଇ ସୂର୍ଯ୍ୟାଲୋକ ନ ପଡ଼ିବା ପାଇଁ ଅଖା ଘୋଡ଼ାଇ ଦିଆଯାଏ । ଗାଇଗୋରୁ, ଘୋଡ଼ା, ଘୁଷୁରୀ ଇତ୍ୟାଦି ମାନଙ୍କର ଶୁଖିଲା ମଳ ତଥା ଅବ୍ୟବହୃତ ପନିପରିବା ଅବଶିଷ୍ଟାଂଶ ଜିଆମାନଙ୍କର ଉତ୍ତମ ଖାଦ୍ୟ ରୂପେ କାର୍ଯ୍ୟକାରୀ । ଶୁଖିଲା ଗୋବରକୁ ସେହି ଅବସ୍ଥାରେ ଖାଦ୍ୟ ହିସାବରେ ବ୍ୟବହାର କରାଯାଇପାରେ । କିନ୍ତୁ ଉପରୋକ୍ତ ଅନ୍ୟ ଖାଦ୍ୟ ଗୁଡ଼ିକୁ ଶୁଖିଲା ଗୋବର ସାଙ୍ଗରେ ସମପରିମାଣରେ ମିଶାଇ ଖାଦ୍ୟ ହିସାବରେ ବ୍ୟବହାର କରାଯାଏ । ଯେତେବେଳେ ଖତ ପ୍ରସ୍ତୁତ ହୋଇଥାଏ, ଦୈନିକ ଜଳ ସିଞ୍ଚନ ପ୍ରକ୍ରିୟାକୁ ୨-୩ ଦିନ ପାଇଁ ବନ୍ଦ ରଖାଯାଏ । ତା'ପରେ ଉକ୍ତ ଆର୍ଦ୍ର ଜିଆଖତକୁ ବାହାରେ କିଛି ସମୟ ଗଦା କରି ଶୁଖାଇ ଦିଆଯାଏ । ଖତଗଦାର ଉପରିଭାଗରୁ ଜିଆ ଗୁଡ଼ିକ ତଳକୁ ସ୍ଥାନାନ୍ତରିତ ହୋଇଗଲା ପରେ ଏହା ଉପଯୋଗୀ ହୋଇଥାଏ ।

**ପ୍ରସ୍ତୁତ ସମୟର ସତର୍କତା :**

କେବଳ ଉଦ୍ଭିଦଜାତ ଅବଶେଷ ହିଁ ଜିଆଖତର ପ୍ରାଥମିକ ପଦାର୍ଥ ରୂପେ



ବ୍ୟବହାର ଯୋଗ୍ୟ । ପ୍ରାଣୀଜ ଅବଶେଷ ଯଥା ଅଣ୍ଡାଖୋଳପା, ମାଂସ, ହାଡ଼ ଇତ୍ୟାଦି ଜିଆଖତ ପ୍ରସ୍ତୁତି ପାଇଁ ବ୍ୟବହାର୍ଯ୍ୟ ନୁହେଁ । ଠିଆପାଣି ବା ସ୍ୱଳ୍ପ ଆର୍ଦ୍ରତା ଜିଆ ଉପରେ ନକରାତ୍ମକ ପ୍ରଭାବ ପକାଏ । ସେଥିପାଇଁ ଆର୍ଦ୍ରତା ପରିଚାଳନା ସୂଚାରୁ ରୂପେ କରିବା ସଙ୍ଗେ ସଙ୍ଗେ ଜିଆଗୁଡ଼ିକୁ ପକ୍ଷୀ, ପିମ୍ପୁଡ଼ି, ଉଇ ଏବଂ ମୂଷା ଠାରୁ ରକ୍ଷା କରାଯିବା ଉଚିତ୍ । ଜିଆଖତକୁ ନିୟମିତ ବ୍ୟବଧାନରେ ବାହାର କରାଯିବା ମଧ୍ୟ ବିଧେୟ ।

**ଜିଆଖତର ପ୍ରୟୋଗ :**

କ୍ଷେତ୍ର ଫସଲ ବା ଶସ୍ୟ, ଡାଲି ଏବଂ ଅନ୍ୟାନ୍ୟ ଫସଲରେ ହେକ୍ଟର ପିଛା ୨-୩ ଟନ୍ ଜିଆଖତ ବ୍ୟବହାର କରାଯାଏ । ମି ବୁଣିବା



ସମୟରେ ବା ଚାରା ୧୫ ସେ.ମି. ଉଚ୍ଚତା ହେବା ପରେ ଧାଡ଼ିରେ ଏହାର ପ୍ରୟୋଗ ଲାଭ ଦାୟକ ହୋଇଥାଏ । ଫଳଗଛ ଗୁଡ଼ିକରେ ଗଛର ବୟସକୁ ଦୃଷ୍ଟିରେ ରଖି ୫ଗରୁ ପିଛା ୫-୧୦ କି.ଗ୍ରା ଜିଆଖତ ଗଛ ଚାରିପାଖରେ ଏକ ରିଙ୍ଗ ବା ବେସନ୍ କରି ଗୋବରଖତ ସାଙ୍ଗରେ ମିଶାଇ ପ୍ରୟୋଗ ବିଧେୟ । ସେହିପରି ପନିପରିବା ଫସଲର ନର୍ସରୀରେ ହେକ୍ଟର ପିଛା ୧ ଟନ୍ ଜିଆଖତ ଓ ଚାରା ଲଗାଇବାର ୪୫ ଦିନ ପରେ ଜଳସେଚନ ପୂର୍ବରୁ ଗଛ ପିଛା ୫୦୦ ଗ୍ରା. ଜିଆଖତ ପ୍ରୟୋଗ ଅତ୍ୟନ୍ତ ଲାଭପ୍ରଦ ଫୁଲଗଛ ଚାଷ ବେଳେ ହେକ୍ଟର ପିଛା ୭୫୦ କି.ଗ୍ରା ଜିଆଖତ ପ୍ରୟୋଗ କରିବା ଜରୁରୀ ।

ତେଣୁ ଚାଷୀଭାଇମାନେ କୃଷି ବିଶେଷଜ୍ଞ ମାନଙ୍କ ପରାମର୍ଶ କ୍ରମେ ଏହାର ପ୍ରୟୋଗ କଲେ ସୁଫଳ ପାଇପାରିବେ ।

ସହକାରୀ ପ୍ରାଧ୍ୟାପକ,
ଶ୍ରୀ ଶ୍ରୀ ୟୁନିଭର୍ସିଟି, କଟକ

# କୃଷି ଓ କୃଷକ - ଏକ ମାର୍ମିକ ଉଚ୍ଚାରଣ



ବିଜ୍ଞାନ ରଂଜନ ସାହୁ

ଆମ ଓଡ଼ିଶା ଗୋଟିଏ କୃଷି ପ୍ରଧାନ ରାଜ୍ୟ । ଏହାର ଅଧିକାଂଶ କୃଷି ଭୂମି ଗାଁ ଗହଳରେ ଅବସ୍ଥିତ । ଏହାର ଅଧିକାଂଶ କୃଷିଜିବି, ସେମାନେ କୃଷିକାର୍ଯ୍ୟ ଓ ମୂଲମଜୁରୀ ଲାଗି ସେମାନଙ୍କର ପରିବାର ପ୍ରତିପୋଷଣ କରନ୍ତି । ଓଡ଼ିଶାରେ ଅଧିକାଂଶ କୃଷକ ମାନଙ୍କର ନିଜର ଚାଷଜମି ନଥାଏ । ଏଣୁ ସେମାନେ ଭାଗଚାଷ କରନ୍ତି । ସାଧାରଣତଃ ଗାଁକହଳିରେ କୃଷକମାନଙ୍କ ପାଖରେ ଭଲ ଉତ୍ପାଦନ କରିବାର ଜ୍ଞାନ କୌଶଳ ଏବଂ ସୂଚନା ନଥାଏ । ସେମାନେ ପାରମ୍ପାରିକ ଭାବରେ କୃଷିକାର୍ଯ୍ୟ କରିଥାନ୍ତି । ପ୍ରାକୃତିକ ବିପର୍ଯ୍ୟୟ ହେତୁ ବହୁତ ଫସଲ କ୍ଷତି ଏବଂ ବ୍ୟାଘାତ ହୋଇଥାଏ ଓ କମ୍ ଉତ୍ପାଦନ ହୋଇଥାଏ । ଏଥି ଯୋଗୁଁ ସରକାର ମଧ୍ୟ ଆର୍ଥିକ ସହାୟତା ଦେଇଥାନ୍ତି । କିନ୍ତୁ ତାହା ଜମି ମାଲିକ ନିକଟକୁ ଚାଲିଯାଇଥାଏ ଏବଂ କୃଷକ ଏଥିରୁ କିଛି ପାଇ ନଥାଏ । ଏଥିଯୋଗୁଁ କେତେକ କୃଷକ ଭାଗଚାଷ କରିବାକୁ ମନା କରିଥାନ୍ତି । କୃଷିକାର୍ଯ୍ୟ ଛାଡ଼ି ସହରାଭିମୁଖୀ ହୋଇଥାନ୍ତି । ଆଉ ମଧ୍ୟ ଓଡ଼ିଶା ସରକାରଙ୍କ ଦ୍ୱାରା ୧ଟଙ୍କାରେ ୧୦ କେଜି ଚାଉଳ ପ୍ରଦାନ କରାଯାଉ ଥିବାରୁ ଦୈନିକ ଖାଇବା ଚଳିଯାଏ । ତେଣୁ କୃଷକ ମନରେ ଚାଷ କରିବା ପାଇଁ ଆଗ୍ରହ କମିଯାଏ।

ଅନ୍ୟ ପକ୍ଷରେ କୃଷକମାନେ ଚାଷ କାର୍ଯ୍ୟରେ ଜୈବିକ ଖତ, ଜୈବିକ ସାର ଏବଂ ଜୈବିକ କୀଟନାଶକ ପ୍ରୟୋଗ କରନ୍ତି ନାହିଁ । ଅଧିକ ଅମଳ ପାଇଁ ରାସାୟନିକ ସାର ଔଷଧ ପ୍ରୟୋଗ କରିଥାଆନ୍ତି । ଯାହା ଉପରେ ସେମାନଙ୍କର କୌଣସି ଜ୍ଞାନ ନଥାଏ । ଏହାଦ୍ୱାରା ଅଧିକ ଅମଳ ହୋଇଥାଏ । କିନ୍ତୁ ବହୁତ ପରିମାଣରେ ମୃତ୍ତିକା ଏହାର ଉତ୍ପାଦନର କ୍ଷମତା ହରାଇ ଥାଏ ଏବଂ ପରିବେଶ ପ୍ରଦୂଷଣ ହୋଇଥାଏ । ଆଗାମୀ ବର୍ଷ ମାନଙ୍କର ଅମଳର ପରିମାଣ ହ୍ରାସ ପାଇଥାଏ । ଏଥିଯୋଗୁଁ ଭାଗଚାଷିମାନେ ଭାଗଚାଷ ଛାଡ଼ି ଦେଇଥାନ୍ତି । ଏଣୁ ଜମି ମାଲିକକୁ କ୍ଷତି ସହିବାକୁ ପଡ଼େ ଓ ଜମିର ରକ୍ଷଣାବେକ୍ଷଣା ଅଭାବରୁ ଜମି ନଷ୍ଟ ହୋଇଯାଏ ।

ଆମେ ଜାଣିଛେ କୃଷକମାନେ ସାଧାରଣତଃ ପରିବେଶ ଉପରେ ନିର୍ଭର କରିଥାନ୍ତି । କିନ୍ତୁ ଏହା ସ୍ଥିର ନୁହେଁ ମାତ୍ର ଦିନକୁ ଦିନ ପରିବର୍ତ୍ତନ ହୋଇଥାଏ । ଏଣୁ ଆମେ ଏହାକୁ ରୋକିପାରିବା ନାହିଁ । ତେଣୁ କେତେକ କୃଷକ ମତରେ କୃଷିକାର୍ଯ୍ୟ ହେଉଛି ଭାଗ୍ୟ ଓ କଠିନ ପରିଶ୍ରମ ଉପରେ ନିର୍ଭରଶୀଳ । ଏଣୁ କୃଷିକାର୍ଯ୍ୟରେ ବାରମ୍ବାର କ୍ଷତି ହେବାରୁ କୃଷକମାନେ ଆତ୍ମହତ୍ୟା କରିଥାନ୍ତି ଏହି ସବୁ ସମସ୍ୟା





ଗୁଡ଼ିକରୁ ଦୂରେଇ ରହିବା ପାଇଁ କୃଷକମାନଙ୍କୁ କୃଷି ବିଜ୍ଞାନର ପ୍ରଶିକ୍ଷଣ କରିବା ନିତ୍ୟାନ୍ତ ଜରୁରୀ । ଯଦି ସେମାନେ ପ୍ରଶିକ୍ଷଣ ନେଇ ଉନ୍ନତ ଜ୍ଞାନ କୌଶଳ ପ୍ରୟୋଗ କରି କୃଷିକାର୍ଯ୍ୟ ସମ୍ପାଦନ କରନ୍ତେ ଉତ୍ପାଦନ ବୃଦ୍ଧି ପାଇବ ।

ଆଧୁନିକ ପୃଥିବୀରେ ଗୋଟିଏ ଆଶ୍ଚର୍ଯ୍ୟ କଥା ସମସ୍ତେ ଭଲ ଖାଇବାକୁ ଚାହାନ୍ତି କିନ୍ତୁ ଉତ୍ପାଦନ କରିବାକୁ ନୁହେଁ । ସମସ୍ତେ ଭଲରେ ରହି ଚାକିରି କରିବାକୁ ଚାହାନ୍ତି କିନ୍ତୁ ଜଣେବି କେହି ଭଲ କୃଷକ ହେବାକୁ ଚାହାଁନ୍ତି ନାହିଁ । ଏବେ ପ୍ରଶ୍ନ ଉଠୁଛି- ଉତ୍ପାଦନ କରିବ କିଏ ? ଖାଦ୍ୟ ଆସିବ କେଉଁଠାରୁ । ତେଣୁ କୃଷକମାନଙ୍କୁ ଉପଯୁକ୍ତ ତାଲିମ୍ ପ୍ରାପ୍ତ କରାଯିବା ଦରକାର । ଏହାଦ୍ୱାରା କୃଷକମାନଙ୍କ ରୋଜଗାର ଏବଂ ଭବିଷ୍ୟତରେ କୃଷି ଏକ ମୁଖ୍ୟ ବୃତ୍ତି ହୋଇ ପାରିବ ।

କୃଷକ ପାଠ୍ୟକ୍ରମ :

୧. ପରିବେଶ ଅନୁଯାୟୀ ଶସ୍ୟ ଚିହ୍ନଟ କରିବା
୨. ନୂତନ ଜ୍ଞାନ କୌଶଳର ପ୍ରୟୋଗ
୩. ମିଶ୍ରିତ କୃଷି
୪. ଅଧିକ ଅମଳ କରିପାରୁଥିବା ବିହନ
୫. ନୂତନ ଯନ୍ତ୍ରପାତିର ପ୍ରୟୋଗ
୬. ବିଭିନ୍ନ ପନିପରିବା ଋତୁ ଅନୁସାରେ ଓ ବଜାର ଚାହିଦାରେ ଚାଷ କରିବା

ଜମିଟି ସାଧାରଣତଃ ହିଡ଼ ଦ୍ୱାରା ଭାଗ ଭାଗ ହୋଇଥାଏ । ତେଣୁ ଅଧିକ ଟଙ୍କା ନିବେଶ ହୋଇଥାଏ । ଯଦି ପାଖାପାଖି ଜମି ଥିବା କୃଷକ ନିଜସ୍ୱ ବୁଝାମଣାରେ ହିଡ଼ ଉଠାଇ ଜମିକୁ ଏକତ୍ର କରି ଚାଷ କରନ୍ତେ ଜଳସେଚନର ସୁବିଧା ସହ ଅମଳ ହୁଅନ୍ତା ।

ଯଦି କେତେକ କୃଷକ ଏକାଠି ହୋଇ ଗୋଟେ ଛୋଟ ଫାର୍ମ ଗଠନ କରି ସେମାନଙ୍କର ମିଳିତ ପ୍ରୟାସରେ ସେଠାରେ ଜୈବିକ ସାର, କମ୍ପୋଷ୍ଟ ଏବଂ ଏଫ୍.ୱାଇ.ଏମ୍. ଉତ୍ପାଦନ କରିପାରନ୍ତେ । ଏହା ସେମାନଙ୍କ ପାଇଁ ଅଧିକ ରୋଜଗାର ଦେଇ ପାରିବ । ଏଥିପାଇଁ କୃଷି ବିଜ୍ଞାନ ଶିକ୍ଷା ନିତ୍ୟାନ୍ତ ଆବଶ୍ୟକ ।

କୃଷି ସ୍ନାତକୋତ୍ତର , ଓୟୁଏଟି

# ଟିଲାପିଆ - ମାଛ ଚାଷରେ ଏକ ନୂଆ ସମ୍ଭାବନା



ବିଜ୍ଞାନ ମିହିର ରାଉତ

ଟିଲାପିଆର ପ୍ରାୟ ୨୦ଟିପ୍ରଜାତି ମଧ୍ୟରୁ ଅଧିକାଂଶ ଆଫ୍ରିକା ପଶ୍ଚିମପାର୍ଶ୍ୱରେ ଥିବା ନଦୀମାନଙ୍କରେ ମିଳିଥାଏ । ଏଥିରୁ ମୁଖ୍ୟତ ୯ପ୍ରକାରର ପ୍ରଜାତି ଉପଯୁକ୍ତ ମନେ ହୁଏ । ନୀଳନଦୀ ଟିଲାପିଆ ସାରା ବିଶ୍ୱରେ ମୁଖ୍ୟ ଚାଷ ଉପଯୋଗୀ ଟିଲାପିଆ ଭାବେ ଗଣା ହୋଇଥାଏ । ନୀଳ ଟିଲାପିଆ ଶଙ୍କର ଜାତୀୟ ଟିଲାପିଆ ଉତ୍ପନ୍ନ କରିବାରେ ବ୍ୟବହାର କରାଯାଇଥାଏ । ଏହା ସମୁଦାୟ ବିଶ୍ୱର ଟିଲାପିଆ ଉତ୍ପାଦନର ପ୍ରାୟ ଶତକଡ଼ା ୮୦ଭାଗ ହୋଇଥାଏ । ଏଥିପାଇଁ ସାଧାରଣତଃ ଥଣ୍ଡା ଜଳବାୟୁ ଥିବା ପରିବେଶ ଆବଶ୍ୟକ । ମୋଜାମ୍ବିଆ ଟିଲାପିଆ ନୀଳନଦୀ ଟିଲାପିଆର ପ୍ରଜାତି ଅଟେ । ଲାଲ୍ ଟିଲାପିଆ - ଏହା ପ୍ରଥମେ ତାଇୱାନରେ ଉତ୍ପାଦିତ ହୋଇଥିଲା । ଏହା ବର୍ତ୍ତମାନ ସାରା ବିଶ୍ୱରେ ଆଦୃତ ହୋଇପାରିଛି ।

ଉତ୍ପାଦନ- ଟିଲାପିଆ ଉତ୍ପାଦନରେ ମୁଖ୍ୟତ ୧୦ଟି ଦେଶ ଆଗରେ ଅଛନ୍ତି । ତନ୍ମଧ୍ୟରୁ ଏସିଆ ମହାଦେଶରେ ଚୀନ୍ ହେଉଛି ମୁଖ୍ୟ ଟିଲାପିଆ ଉତ୍ପାଦନ କାରୀ ରାଷ୍ଟ୍ର । ବିଶ୍ୱର ଅର୍ଦ୍ଧାଧିକ ଟିଲାପିଆ ଚୀନ୍ ଆସିଥାଏ । ସମୁଦାୟ ଉତ୍ପାଦନର ପ୍ରାୟ ୮୫ ଶତକଡ଼ା ମଧୁର ପାଣିରୁ ଆସିଥାଏ । ଏହାକୁ ଉଭୟ ମଧୁର ଓ କ୍ଷାର ପାଣିରେ ଚାଷ କରାଯାଇପାରେ । ଭେକଟି ମାଛ ଚାଷରେ ଏହାକୁ ମୁଖ୍ୟ ଖାଦ୍ୟଭାବେ ବ୍ୟବହାର କରାଯାଇଥାଏ ।ବିଭିନ୍ନ ଚାଷ ପଦ୍ଧତି- ପିରା ଚାଷ- ହ୍ରଦ ଓ ଜଳଭଣ୍ଡାର ମଧ୍ୟରେ ଟିଲାପିଆ

ଟିଲାପିଆ ମାଛକୁ କେତେକ ଗରିବଙ୍କ ମାଛ ବୋଲି କହନ୍ତି । ଏହାର ମୂଳ ବାସସ୍ଥାନ ଆଫ୍ରିକା । ଆଫ୍ରିକା ମହାଦେଶ ବାହାରେ ସର୍ବପ୍ରଥମେ ଏହାର ଏକ ପ୍ରଜାତି ମୋଜାମ୍ବିକ ଟିଲାପିଆ ଚାଷ ଆରମ୍ଭ ହୋଇଥିଲା । କିନ୍ତୁଏହା କ୍ଷୁଦ୍ର, କମ୍ ଚାହିଦା ଓ କେତେକ ଅନାଦୃତ କାରଣ ବଶତ ଏହାର ଚାଷ ସଫଳ ହୋଇପାରିନଥିଲା । ପରେ ବିଂଶ ଶତାବ୍ଦୀରେ ଏକ ଉନ୍ନତ ପ୍ରଜାତିର ଟିଲାପିଆକୁ ଚାଷ କରାଯାଇ ଅଭୁତପୂର୍ବ ସଫଳତା ହାସଲ କରାଯାଇଥିଲା ।ଏହାକୁ ବିଂଶ ଶତାବ୍ଦୀର ମୁଖ୍ୟ ଜଳଜୀବ ଭାବେ ଗଣା ଯାଉଛି ।ଏହି ମାଛ ଅତ୍ୟନ୍ତ ସହନଶୀଳ ଓ ରୋଗପ୍ରତିରୋଧକ୍ଷମ ହୋଇଥାଏ । ଏହାଛଡ଼ା ୪-୬ ମାସ ଭିତରେ ବିକ୍ରିଯୋଗ୍ୟ ହୋଇଥାଏ । ଏହି ମାଛକୁ ବର୍ତ୍ତମାନ ବ୍ୟବସାୟିକ ଉଦ୍ଦେଶ୍ୟରେ ଚାଷ କରାଯାଉଛି ।



ଚାଷ କରିବାରେ ଫିଲିପାଇନ୍ସ ଅଗ୍ରଣୀ । ପିରା ଚାଷ ମାଧ୍ୟମରେ ୫ ମାସରେ ୧୦୦ ବର୍ଗମିଟରରେ ୧୭୫ ଗ୍ରାମ ହାରାହାରି ଓଜନର ୫୪୦ କିଗ୍ରା ନୀଳନଦୀ ଟିଲାପିଆ ଉତ୍ପାନନ ହୋଇପାରିଥାଏ । ସେହିପରି ଚୀନ୍, ମାଲେସିଆ ଓ ଡିଂଗାପୁରରେ ଅଧିକାଂଶ ଚାଷୀ ଲାଲ୍ ଟିଲାପ୍ପିାକୁ କେନାଲ ବନ୍ଧ ଓ ଜଳଭଣ୍ଡାରରେ ପିଞ୍ଜରା ମଧ୍ୟରେ ସଘନ ଓ ଅର୍ଦ୍ଧସଘନ ଚାଷକଲା ବେଳେ ମଧ୍ୟ ବ୍ୟବହୃତ ହୋଇଥାଏ ।

ପୋଖରୀ ଚାଷ- ଫିଲିଫାଇନ୍ସରେ ଟିଲାପିଆକୁ ଏକୁଲି ଚାଷ ଏବଂ ବାଂଲାଦେଶ, ଚୀନ ଆଦି ରାଷ୍ଟ୍ରରେ ମଶ୍ରିତ ଚାଷ ଭାବେ ବ୍ୟବହାର କରାଯାଇଥାଏ । ଉତ୍ପାଦନ କ୍ଷେତ୍ରରେ ତାଇୱାନ ହେକ୍ଟର ପିଛା ହାରାହାରି ସର୍ବାଧିକ ୧୫-୨୦ ଟନ୍ ହେଉଥିବା ବେଳେ ଚୀନ୍,ଥାଇଲାଣ୍ଡ ଏହା ପଛକୁ ଅଛନ୍ତି । ଫିଲିପାଇନ୍ସରେ ୩-୪ ମାସ ଭିତରେ ୮୦-୯୦ ଶତକଡ଼ା ୧୫୦-୨୦୦ ଗ୍ରାମ ଓଜନର ୪-୭ ଟନ ଟିଲାପିଆ ଉତ୍ପନ୍ନ ହୋଇପାରିବ ।

ସେହିପରି ଦକ୍ଷିଣପୂର୍ବ ଏସିଆରେ ଇଣ୍ଡୋନେସିଆ, ଥାଇଲାଣ୍ଡ, ଭିଏତନାମ ଆଦି ଦେଶରେ ଟିଲାପିଆକୁ ମିଶ୍ରିତ ଚାଷ ଭାବରେ ମଧୁର ପାଣିରେ କୃଷି ଓ ପଶୁପାଳନ ସହ ସମ୍ମୋହିତ ଭାବେ ଚାଷ କରାଯାଇଥାଏ । ନୀଳନଦୀ ଟିଲାପିଆ ଚାଷକୁ ମୁଖ୍ୟତଃ ମଧୁର ପାଣିରେ କରାଯାଇଥାଏ । ଏହାକୁ ତାଇୱାନ, ମାଲେସିଆର କଂକ୍ରିଟ୍ ପୋଖରୀରେ ସଘନ ଚାଷ କରାଯାଇଥାଏ ।

ଏକଲିଙ୍ଗି ଚାଷ- ଟିଲାପିଆ ସାଧାରଣତଃ ୪-୬ ମାସ ବୟସ ମଧ୍ୟରେ ଉତ୍ପାଦନ କାରଯାଇଥାଏ । ଯାହା ଫଳରେ ପୋଖରୀରେ ବହୁଳ ପରିମାଣରେ ବାମନ ଆକୃତି ବିଶିଷ୍ଟ ଟିଲାପିଆ ମାଛ ମିଳିଥାଏ । ସୁତରାଂ ଏହାର ପ୍ରଜନନକୁ ନିୟନ୍ତ୍ରଣ କରିବା ଆବଶ୍ୟକ ହୋଇଥାଏ । ଅଧିକାଂଶ ଚାଷୀ ଏକଲିଙ୍ଗି ଚାଷକୁ ଗୁରୁତ୍ୱ ଦେଇଥାନ୍ତି । ସମୁଦାୟ ଚାଷ ଖର୍ଚ୍ଚର ପ୍ରାୟ ୩୪% କେବଳ ଖାଦ୍ୟ ଦ୍ୱାରା ହୋଇଥାଏ । ପିରା ଚାଷରେ ଖାଦ୍ୟର ବହୁଳ ବ୍ୟବହାର ହେତୁ ଏଥିରେ ଖାଦ୍ୟ ଖର୍ଚ୍ଚ ପ୍ରାୟ ୮୫% ହୋଇଥାଏ । କହିବାକୁ ଗଲେ ଟିଲାପିଆ ଚାଷ ଲାଭଦାୟକ ଅଟେ । ଏହି ଦୃଷ୍ଟିରୁ ଏସିଆ ଓ ଆମେରିକାର ବହୁ ରାଷ୍ଟ୍ର ଏବେ ଟିଲାପିଆ ଉତ୍ପାଦନ ଉପରେ ଗୁରୁତ୍ୱ ଦେଉଛନ୍ତି ।

ମତ୍ସ୍ୟ ଛାତ୍ର,
ଏମ୍.ଏସ୍ ସ୍ୱାମୀନାଥନ କୃଷି ବିଶ୍ୱବିଦ୍ୟାଳୟ, ପାରଳାଖେମୁଣ୍ଡି
ମୋ- ୭୯୭୮୧୯୬୮୩୪

# ବିଶ୍ୱ ମୃତ୍ତିକା ଦିବସ ଅବସରରେ ପ୍ରବନ୍ଧ ପ୍ରତିଭା ଅନ୍ୱେଷଣ

ଶ୍ୟାମଳ ସୁବର୍ଣ୍ଣ ଓଡ଼ିଶାର ଏକ ଅଗ୍ରଣୀ କୃଷି ଭିତ୍ତିକ ପତ୍ରିକା ଭାବରେ କୃଷି ଓ କୃଷକର ଉନ୍ନତି ପାଇଁ କାର୍ଯ୍ୟରତ । କୃଷିର ବି୍ଶ, କୃଷକର ବିକାଶକୁ ମୂଳମନ୍ତ୍ର ଭାବେ ବିବେଚନା କରି ବିଗତ ୨୦୧୮ ଏପ୍ରିଲରୁ କୃଷି ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ପ୍ରକାଶିତ ଏହି ପତ୍ରିକା ନିରନ୍ତର ଭାବେ ପ୍ରକାଶ ପାଇ ଚାଷୀକୁଳ ପାଖରେ ବେଶ ସ୍ନେହ , ଶ୍ରଦ୍ଧା ସାଉଁଟିପାରିଛି । ଶ୍ୟାମଳ ସୁବର୍ଣ୍ଣ ସବୁବେଳେ କୃଷିର ବିକାଶ ସହ କୃଷକର ବିକାଶ ଉପରେ ଗୁରୁତ୍ୱ ଦେଇଥାଏ । ତେବେ ଆଗାମୀ ଡ଼ିସେମ୍ବର ୫ ତାରିଖ ବିଶ୍ୱ ମୃତ୍ତିକା ଦିବସ ଅବସରରେ ଶ୍ୟାମଳ ସୁବର୍ଣ୍ଣ ତରଫରୁ ପ୍ରବନ୍ଧ ପ୍ରତିଭା ଅନ୍ୱେଷଣ କାର୍ଯ୍ୟକ୍ରମ କରାଯାଉଛି । ଛାତ୍ରଛାତ୍ରୀଙ୍କ ମଧ୍ୟରେ ମାଟି ଓ ଏହାର ଉପାଦେୟତା ବିଷୟରେ ସଚେତନତା ସୃଷ୍ଟି କରାଯିବା ହିଁ ଏହାର ମୂଳ ଲକ୍ଷ୍ୟ । କୃଷି ବିଜ୍ଞାନୀ ଛାତ୍ର ଛାତ୍ରୀଙ୍କ ମଧ୍ୟରେ ମାଟି ସହ ଜନଜୀବନର ବିଶେଷତା ଉପରେ ସଚେତନତା କରାଇବା ଲକ୍ଷ୍ୟରେ ଆରମ୍ଭ ହୋଇଛି ଏହି କାର୍ଯ୍ୟକ୍ରମ ବୋଲି ପତ୍ରିକାର ସମ୍ପାଦକ ଡ଼ି ଶୁଭମ୍ କହିଛନ୍ତି । ଏହି ପ୍ରବନ୍ଧର ବିଷୟ ବସ୍ତୁ ରହିଛି : ମାଟି -ଚାଷର ଏନ୍ତୁଡ଼ିଶାଳ ଓ ଇଂରାଜୀ ବିଭାଗ ପାଇଁ ବିଷୟ- soil-the life giver of all existence । ଛାତ୍ରଛାତ୍ରୀ ମାନେ ଉଭୟ ଓଡ଼ିଆ ଓ ଇଂରାଜୀରେ ପ୍ରବନ୍ଧ ଲେଖି ୬୦୦-୭୦୦ ଶବ୍ଦ ମଧ୍ୟରେ ୩୦.୧୧.୨୦୨୧ ମଧ୍ୟରେ ପଠାଇବାକୁ ନିବେଦନ କରାଯାଇଛି । ପଠାଇବାର ଠିକଣା - ଇମେଲ- dshuvam97@gmail.com ଓ ଡ଼ାକ ମାଧ୍ୟମରେ - ମାର୍ଫତ- ସମ୍ପାଦକ,ଶ୍ୟାମଳ ସୁବର୍ଣ୍ଣ , ଷ୍ଟେଟ୍ ବ୍ୟାଙ୍କ ପାଖ , ବାସୁଦେବପୁର , ଭଦ୍ରକ ଠିକଣାରେ ପଠାଇପାରିବେ । ପ୍ରତିଯୋଗିତାର ଫଳାଫଳ ଆସନ୍ତା ଡ଼ିସେମ୍ବର ୫ ବିଶ୍ୱ ମୃତ୍ତିକା ଦିବସ ଅବସରରେ ଘୋଷଣା କରାଯିବା ସହ ଶ୍ରେଷ୍ଠ ତିନିଜଣଙ୍କୁ ମାନପତ୍ର ଦିଆଯିବ ବୋଲି ସମ୍ପାଦକ କହିଛନ୍ତି ।




# ଶିଶୁପାଳଗଡ ଶାଖା ଡାକଘର କ'ଣ କେନ୍ଦ୍ର ସରକାରଙ୍କର ସାବତ ପୁଅ କି ?




ଭୁବନେଶ୍ୱର (ପିଏନ୍): ଭୁବନେଶ୍ୱର ଉପକଣ୍ଠ ଏକାମ୍ର ନିର୍ବାଚନ ମଣ୍ଡଳୀର ଲିଙ୍ଗିପୁର ଗ୍ରାମପଂଚାୟତରେ ଥିବା ଶାଖା ଡାକଘର ବର୍ତ୍ତମାନ ଜରାଜୀର୍ଣ୍ଣ ଅବସ୍ଥାରେ ଅଛି । କୌଣସି ମୌଳିକ ସେବା ପାଇବାରୁ ଜନସାଧାରଣ ବଂଚିତ। ଡାକ ଟିକେଟ, ରେଭିନ୍ୟୁ ଷ୍ଟାମ୍ପ, ଏନ୍‌ଭଲପ୍ ପୋଷ୍ଟକାର୍ଡ, ଇତ୍ୟାଦି ଜମା ଉପଲବ୍ଧ ହେଉନାହିଁ। ଏହାକୁ ନେଇକରି ଜନଅସନ୍ତୋଷ ବୃଦ୍ଧି ପାଇବାରେ ଲାଗିଛି। ଶିଶୁପାଳଗଡ ଏବଂ ଲିଙ୍ଗିପୁର ପଂଚାୟତର ୨୬ଟି ୱାର୍ଡର ଜନସାଧାରଣ ଡାକସେବାର କୌଣସି ସେବା ପାଇପାରୁନାହାଁନ୍ତି। ସ୍ପିଡ ପୋଷ୍ଟ ସେବା ଏହି ଶାଖା ଡାକଘରେ ଉପଲବ୍ଧ ଥିଲେ ମଧ ବିଡମ୍ବନାର ବିଷୟ ଇଂଟରନେଟ ସେବାର ଉପଲବ୍ଧି ରହୁନାହିଁ। ଯାହାଫଳରେ ନାହିଁନଥିବା ହଇରାଣ ହେଉଛନ୍ତି ଜନସାଧାରଣ। ଡାକବକ୍ସଟି ଭାଙ୍ଗି ଉପୁଡି ଯାଇଛି। ଯାହାଫଳରେ ୪ କିଲୋମିଟର ଦୂର ଓଲଡ୍ ଟାଉନ ପୋଷ୍ଟ ଅଫିସ ଉପରେ ନିର୍ଭର କରିବାକୁ ପଡୁଛି। ହାରାହାରି ଘଂଟେରୁ ଅତି ବେଶୀରେ ଦୁଇ ଘଂଟା ଖୋଲା ରହୁଛି ଶାଖା ଡାକଘର (୧୦-୧୨ପର୍ଯ୍ୟନ୍ତ ଖୋଲା ରହୁଛି)। କୌଣସି ଚିଠି ଆସିଲେ କମ ସେ କମ୍ ୮ରୁ ୧୦ଦିନ ଉର୍ଦ୍ଧ୍ୱ ଲାଗୁଛି କୌଣସି ଠିକଣାରେ ପହଂଚିବା ପାଇଁ। ୧୦୦୦୦ରୁ ଉର୍ଦ୍ଧ୍ୱ ଏହି ଦୁଇ ପଂଚାୟତର ଲୋକ ବାଧ ହୋଇ ୪ କିଲୋମିଟର ଦୂର ଯିବାକୁ ପଡୁଛି ଏବଂ ଗରିବ ଲୋକମାନେ ବହୁ ହଇରାଣ ହେଉଛନ୍ତି। ଏହି ଡାକଘରର ଉନ୍ନତି ନକରିବା ପାଇଁ କିଛି କୋରିଅର ସଂସ୍ଥା ହୀନ ଚକ୍ରାନ୍ତ କରୁଥିବା ଶୁଣିବାକୁ ମିଳୁଛି। ଡାକବକ୍ସଟି ବିଗତ ବହୁଦିନ ହେଲାଣି ଅକାମି ହୋଇ ପଡିରହିଛି। ଶାଖା ଡାକ ଘରେ ପାଣିର କୌଣସି ସୁବିଧା ନାହିଁ। ଯାହାଫଳରେ ବହୁ ଅସନ୍ତୋଷ ଦେଖାଯାଉଛି। କେନ୍ଦ୍ରମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ ଓଡିଶାର ହୋଇଥିଲେ ମଧ ଦୀପତଳ ଅନ୍ଧାର ଭଳି ଲାଗୁଛି। ନା ଭିତିଭୂମି ଅଛି ନା ମୌଳିକ ସେବା ମିଳୁଛି। ସାଧାରଣ ଲୋକ ହନ୍ତସନ୍ତ ହେଉଛନ୍ତି। ଡାକଘର ଉପରେ ଲେଖାହୋଇଛି ୧୦ଟାରୁ ୨ଟା ଖୋଲା ରହୁଛି। କିନ୍ତୁ ସବୁଦିନ ୧ଟା ବେଳେ ବନ୍ଦ ହୋଇଯାଉଛି। ଯାହାଫଳରେ ଜରୁରୀ ଚିଠି ଡାକଟିକେଟ ପାଇବାରେ ସାଧାରଣ ଲୋକମାନେ ହଇରାଣ ହେଉଛନ୍ତି। ଶାଖା ଡାକଘରେ ଥିବା କର୍ମଚାରୀମାନେ ମନଇଚ୍ଛା ଅଫିସ ଖୋଲୁଛନ୍ତି, ନିଜ ଇଚ୍ଛା ଅନୁସାରେ ଆସୁଛନ୍ତି ଏବଂ ଅଫିସକୁ ବନ୍ଦ କରି ଦେଉଛନ୍ତି। ଅଫିସ ଭିତରକୁ ଜଣେ ଗଲେ ଦ୍ୱିତୀୟ ଲୋକ ପାଇଁ ଜାଗା ନାହିଁ। କେନ୍ଦ୍ରମନ୍ତ୍ରୀ ମହାଶୟ ତୁରନ୍ତ ହସ୍ତକ୍ଷେପ କରି ଏହି ଶାଖା ଡାକଘରର ଭିତିଭୂମି ଏବଂ ମୌଳିକ ସେବା ସହିତ ସନ୍ଧ୍ୟା ପର୍ଯ୍ୟନ୍ତ ଖୋଲିବା ପାଇଁ ନିର୍ଦ୍ଦେଶ ଦିଅନ୍ତୁ ଏବଂ ନିଜେ ତଦାରଖ କରନ୍ତୁ ଯେପରି ଭାବେ କୌଣସି ଜନସାଧାରଣ ମୌଳିକ ସେବାରୁ ବଂଚିତ ନ ହୁଅନ୍ତି। କେନ୍ଦ୍ର ସରକାର ଅଧୀନସ୍ଥ ଡାକଘରେ ବିଭିନ୍ନ ଯୋଜନା ଥିଲେ ମଧ ପୋଷ୍ଟ ଅଫିସରେ କେମିତି କାର୍ଯ୍ୟକାରୀ ହେବ ତଥା ଆଧାର କାର୍ଡ ଭେରିଫିକେସନ୍, ଜମା ଖାତା, ଏନ୍‌ଏସି, ସୁକନ୍ୟା ଯୋଜନା ଏବଂ କେନ୍ଦ୍ର ସରକାରଙ୍କର ସବୁ ଜନକଲ୍ୟାଣକାରୀ ସୁବିଧା ମିଳିବା ପାଇଁ ମନ୍ତ୍ରୀ ମହୋଦୟ ନିର୍ଦ୍ଦେଶ ଦେଇ ଜନସାଧାରଣଙ୍କୁ ଏହି ସୁବିଧାର ତୁରନ୍ତ ଉପଲବ୍ଧ କରାନ୍ତୁ।

## ବାଚସ୍ପତିଙ୍କୁ ଅଭିନନ୍ଦନ ଜଣାଇଲା ଉତ୍କଳ ସମ୍ମିଳନୀ

ଭୁବନେଶ୍ୱର (ପିଏନ୍): ଓଡିଶା ବିଧାନସଭାର ଉଦ୍ୟମ ଫଳରେ ଦୀର୍ଘ ୧୦୦ ବର୍ଷ ତଳର ବିବରଣୀ ବିହାର ବିଧାନସଭାରୁ ଅଣାଯାଇପାରିଥିବାରୁ ବିଧାନସଭାର ବାଚସ୍ପତି ବିକ୍ରମ କେଶରୀ ଆରୁଖ, ପୂର୍ବତନ ବାଚସ୍ପତି ସୂର୍ଯ୍ୟନାରାୟଣ ପାତ୍ର, ସଚିବ ଦାଶରଥି ଶତପଥୀ, ଯୁଗ୍ମ ନିର୍ଦ୍ଦେଶକ ଶିବପ୍ରସାଦ ପଟ୍ଟନାୟକ, ଗବେଷଣା ଅଧିକାରୀ ଜୟକୃଷ୍ଣ ପ୍ରଧାନ ଓ ସ୍ୱତନ୍ତ୍ର କାର୍ଯ୍ୟକାରୀ ଅଧିକାରୀ (ଗବେଷଣା) ଅମୂଲ୍ୟ କୁମାର ସ୍ୱାଇଁଙ୍କୁ ଉତ୍କଳ ସମ୍ମିଳନୀ କୃତଜ୍ଞତା ଜ୍ଞାପନ କରିବା ସହିତ ଅଭିନନ୍ଦନ ଜଣାଇଛି । ଆମ ପାଖରେ ଆମ ରାଜ୍ୟର ୧୯୨୨ ମସିହାରୁ ୧୯୩୬ ମସିହା ପର୍ଯ୍ୟନ୍ତ ତଥ୍ୟ ନଥିଲା । ଏହି ତଥ୍ୟ ମିଳିବା ପରେ ଓଡିଶାର ଇତିହାସ ଲେଖାରେ ସହାୟକ ହେବ ବୋଲି ଉତ୍କଳ ସମ୍ମିଳନୀ ପକ୍ଷରୁ ସମ୍ମିଳନୀର ମଞ୍ଜେଶ୍ୱର ଶିକ୍ଷାଞ୍ଚଳ ଶାଖା ସଭାପତି ଅଧିବକ୍ତା ଦିଲ୍ଲୀପ ଦାଶଶର୍ମା କହିଛନ୍ତି । ଏହି ତଥ୍ୟକୁ ଆଧାର କରି ଏକ ତଥ୍ୟଭିତିକ ପୁସ୍ତକ ରଚନା କରିବା ପାଇଁ ଶ୍ରୀ ଦାଶଶର୍ମା ମଧ୍ୟ ମାନ୍ୟବର ବାଚସ୍ପତିଙ୍କୁ ଅନୁରୋଧ କରିଛନ୍ତି ।

## ଜିଲ୍ଲାପାଳଙ୍କୁ ଭେଟି ବନ୍ୟାଞ୍ଚଳ ବାବଦରେ ସମୀକ୍ଷା କଲେ ସାଂସଦ

ବାଲେଶ୍ୱର (ପିଏନ୍)- ଲଘୁଚାପ ଜନିତ ବର୍ଷା ଯୋଗୁଁ ଉତ୍ତର ବାଲେଶ୍ୱରରେ ବନ୍ୟାପଣି ମାଡ଼ିଥିବା ଅଞ୍ଚଳକୁ ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ ଗସ୍ତ କରିବା ପରେ ନିଜେ ଅନୁଭବ କରିଥିବା ବନ୍ୟା ପ୍ରପୀଡ଼ିତଙ୍କ ଅସୁବିଧାକୁ ବାଲେଶ୍ୱର ଜିଲ୍ଲା ବିଜେପିର ପ୍ରତିନିଧି ମଣ୍ଡଳୀଙ୍କ ସହ ଯାଇ ଜିଲ୍ଲାପାଳଙ୍କୁ ତାଙ୍କ ବାସଭବନ ସ୍ଥିତ କାର୍ଯ୍ୟାଳୟରେ ଭେଟି ଲୋକଙ୍କୁ କେମିତି ସୁଷମ ଭାବେ ରନ୍ଧାଖାଦ୍ୟ, ଶୁଖିଲା ଖାଦ୍ୟ, ପଲିଥିନ, ଔଷଧ ପିଇବା ପାଣି, ଗୋଖାଦ୍ୟ ସୂଚାରୁ ରୂପେ ବଣ୍ଟନ କରାଯିବ ସେ ବାବଦରେ ଆଲୋଚନା କରିଥିଲେ। ଯେଉଁମାନଙ୍କର ଘର ବନ୍ୟାପାଣିରେ ଭାଙ୍ଗିଯାଇଛି, ଚାଷଜମି କ୍ଷତିଗ୍ରସ୍ତ ହୋଇଛି ସେମାନଙ୍କୁ ରାଜନୀତି ପ୍ରିୟାପ୍ରୀତି ଉର୍ଦ୍ଧ୍ୱରେ ଯାଇ ଚିହ୍ନଟ କରିବା ପାଇଁ ଏବଂ ବେଆଇନ ଭାବେ ସରକାରୀ ଜାଗାକୁ ଅବରୋଧ କରି ରଖିଥିବା ବିଶେଷ କରି ରାସ୍ତା ପାଖରେ ଥିବା ନାଳକୁ ଜବର ଦଖଲ କରି ଦୋକାନ ଗୃହ ନିର୍ମାଣ କରିଥିବା ଏବଂ ବେଆଇନ ଚିଙ୍ଗୁଡ଼ିଘେରୀ କରି ବର୍ଷାପାଣି ପ୍ରବାହରେ ବାଧା ଉପୁଜାଇ କରୁଥିବା ଲୋକଙ୍କ ବିରୁଦ୍ଧରେ ଦୃଢ଼ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଜିଲ୍ଲାପାଳଙ୍କୁ କହିବା ପରେ ଜିଲ୍ଲାପାଳ ତୁରନ୍ତ ଏ ସବୁର ସମାଧାନ କରିବେ ବୋଲି କହିବା ସହିତ ତାଙ୍କର ହ୍ୱାଟ୍‌ସଅପରେ ଫଟୋ ଉଠାଇ ପଠାଇବା ପାଇଁ ଅନୁରୋଧ କରିଥିଲେ। ଏହି ପ୍ରତିନିଧି ମଣ୍ଡଳୀରେ ଜିଲ୍ଲା ସଭାପତି ଉମାକାନ୍ତ ମହାପାତ୍ର, ପୂର୍ବତନ ବିଧାୟକ ଜୀବନ ପ୍ରଦୀପ ଦାସ, ରାଜ୍ୟ କାର୍ଯ୍ୟକାରିଣୀ ସଭ୍ୟ ଶୁଭଙ୍କର ମହାପାତ୍ର, ଜୋନାଲ ମିଡ଼ିଆ ସଂଯୋଜକ ପ୍ରମୁଖ ଉପସ୍ଥିତ ରହିଥିଲେ ବୋଲି ଜିଲ୍ଲା ଗଣମାଧ୍ୟମ ସଂଯୋଜକ ଶ୍ରୀନିବାସ ପ୍ରଧାନ ଏକ ପ୍ରେସ ବିବୃତିରେ ଲିଖିତ ଭାବେ ଜଣାଇଛନ୍ତି।

## ଚଳାପଥର ସୁବର୍ଣ୍ଣ ଜୟନ୍ତୀ ଅବସରରେ କବି ସମ୍ମିଳନୀ



ଭୁବନେଶ୍ୱର (ପିଏନ୍): ଓଡ଼ିଶାର ପୁରାତନ ସାହିତ୍ୟ ଅନୁଷ୍ଠାନ ଚଳାପଥର ସୁବର୍ଣ୍ଣ ଜୟନ୍ତୀ ଅବସରରେ ଚଳାପଥର ପ୍ରତିଷ୍ଠାତା ସମ୍ପାଦକ ହଳଧର ଧୀରଙ୍କ ଆବାହକତ୍ୱରେ ଏକ କବି ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି । ଏଥିରେ ଅତିଥି କବି ଭାବେ ବରିଷ୍ଠ ପ୍ରକାଶକ ତଥା କବି ଯୋଗେନ୍ଦ୍ର କୁମାର ନାୟକ, କବି ଭୂବନ ମୋହନ ମହାନ୍ତି, ତରୁଣବାଳା ମହାପାତ୍ର, ଗୀତାଞ୍ଜଳୀ ମହାନ୍ତିଙ୍କ ସଂଯୋଜନାରେ ଅନୁଷ୍ଠିତ ଏହି ମନୋଜ୍ଞ କବିତା ପାଠୋତ୍ସବରେ କବି ମଧୁସ୍ମିତା ସାହୁ, ସୁଷମା ଲେଙ୍କା, ସୌଦାମିନୀ ସାମନ୍ତରାୟ, ସହିଂସ୍ତା ମହାନ୍ତି, ତରୁଣବାଳା ମହାପାତ୍ର, ମନୋରମା ମିଶ୍ର, ଦୀପାଲୀ ଦେବସ୍ମିତା, ପୂର୍ଣ୍ଣଚନ୍ଦ୍ର ପଟ୍ଟନାୟକ, କବି ପ୍ରତ୍ୟୁଷ କୁମାର ଭଞ୍ଜ, ରଜନୀକାନ୍ତ ପଟ୍ଟନାୟକ, ମନୋଜ କୁମାର ଜେନା, କସ୍ତୁରୀ ଚରଣ ନାୟକ, ବିଜୟ କୁମାର ବହଲି, ଇଂ ଲଡୁକିଶୋର ପଢିଆରି, ମାନଗୋବିନ୍ଦ ବାରିକ, ଶଶାଙ୍କ ଶେଖର ମିଶ୍ର ପ୍ରମୁଖ ଶତାଧିକ କବି ସେମାନଙ୍କର ସ୍ୱରଚିତ କବିତା ଆବୃତି କରିଥିଲେ ।

## ଡେକୋରେଟର ସୌମେନ୍ଦୁ ମହାପାତ୍ରଙ୍କ ସ୍ମୃତି ସଭା

ପାରାଦୀପ (ପିଏନ୍)- ପାରାଦୀପର ମହାପାତ୍ର ଡେକୋରେଟର ପ୍ରତିଷ୍ଠାତା ସୌମେନ୍ଦୁ ମହାପାତ୍ର (ପୁପୁ)ଙ୍କ ଅକାଳ ବିୟୋଗରେ ଏକ ସ୍ମୃତି ସଭା ରବିବାର ସନ୍ଧ୍ୟାରେ ଆୟୋଜିତ ହୋଇଯାଇଛି । ପାରାଦୀପ ଡେକୋରେଟର ସଂଘ ପକ୍ଷରୁ ପାରାଦୀପ ବଡପଡିଆସ୍ଥିତ ଶାରଳା ମନ୍ଦିର ପରିସରରେ ଏହି ସ୍ମୃତିଚାରଣ ଆୟୋଜିତ ହୋଇଥିଲା । ପାରାଦୀପରେ ଦୀର୍ଘ ତିନି ଦଶନ୍ଧି ଧରି ଡେକୋରେଟର ଭାବେ ସେ ନିଜର ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିପାରିଥିଲେ । ପୁପୁ ମହାପାତ୍ର ଭାବେ ସେ ସମସ୍ତ ପାରାଦୀପବାସୀଙ୍କ ନିକଟରେ ପରିଚିତ ଥିଲେ । ପାରାଦୀପ ବନ୍ଦରାଂଚଳ ସମେତ ବିଭିନ୍ନ ଶିଳ୍ପସଂସ୍ଥାମାନଙ୍କରେ ସେ ଦକ୍ଷତାର ସହିତ ଡେକୋରେଟର ଭାବେ ସବୁବର୍ଗର ଲୋକମାନଙ୍କ ପାଖରେ ପ୍ରିୟପତ୍ର ଥିଲେ । ତାଙ୍କର ଏହି ଅକାଳ ବିୟୋଗ ପାରାଦୀପର ସବୁବର୍ଗର ଲୋକମାନଙ୍କ ମନରେ ଗଭୀର ଶୋକର ଛାୟା ଖେଳାଇ ଦେଇଥିଲା । ରବିବାର ଦିନ ତାଙ୍କ ବିୟୋଗରେ ଆୟୋଜିତ ସ୍ମୃତି ସଭାରେ ଅରୁଣ କୁମାର ଲେଙ୍କା, ମନୋଜ କୁମାର ସ୍ୱାଇଁ, କୈଳାସ ମଲ୍ଲିକ, ସୁବାସ ରାଉତ, ଶୁକଦେବ ରଣା, ଶିବ ପ୍ରସାଦ ବାରିକ, ଚନ୍ଦନ କୁମାର ହାତୀ, ଚନ୍ଦନ କୁମାର ପାଣି, ପ୍ରଦୀପ କୁମାର ସ୍ୱାଇଁ, ଧର୍ମାନନ୍ଦ ମଲ୍ଲ, କାରୁଣ୍ୟ କୁମାର ଲେଙ୍କା ପ୍ରମୁଖ ଯୋଗ ଦେଇ ସ୍ୱର୍ଗତ ଆତ୍ମାର ସଦ୍‌ଗତି କାମନା କରିଥିଲେ ।

## ଧର୍ମଶାଳା ତହସିଲ ପକ୍ଷରୁ ପଟ୍ଟା ବଂଟନ

ଧର୍ମଶାଳା (ପିଏନ): ଧର୍ମଶାଳା ତହସିଲ କାର୍ଯ୍ୟାଳୟ ପକ୍ଷରୁ ୨୨ ଜଣ ଭୂମିହୀନଙ୍କୁ ପଟ୍ଟା ବଂଟନ କରାଯାଇଛି । ଧର୍ମଶାଳାସ୍ଥିତ କାର୍ଯ୍ୟାଳୟ ପରିସରରେ ତହସିଲଦାର ସ୍ୱାଗତ ଦାସଙ୍କ ଅଧ୍ୟକ୍ଷତାରେ ଅୟୋଜିତ ପଟ୍ଟା ବଂଟନ କାର୍ଯ୍ୟକ୍ରମରେ ବିଧାୟକ ପ୍ରଣବ କୁମାର ବଳବନ୍ତରାୟ ମୁଖ୍ୟଅତିଥି ଭାବେ ଯୋଗଦେଇ ନାକପୋଲ ସର୍କଲର ୧୨ ଜଣ , ବାଙ୍କସାହି ସର୍କଲର ୮ ଜଣ, ବଡକାଏମା ଓ ଶ୍ରୀନଗରର ଜଣେ ଲେଖାଏଁ ଭୂମିହୀନଙ୍କୁ ପଟ୍ଟା ବଂଟନ କରିଥିଲେ । ସମ୍ପୃକ୍ତ ସର୍କଲର ଆରଆଇ ଉପସ୍ଥିତ ହିତାଧିକାରୀ ଚିହ୍ନଟରେ ସହଯୋଗ କରିଥିଲେ । ଅତିରିକ୍ତ ତହସିଲଦାର ଦେବୀପ୍ରସନ୍ନ ମହାନ୍ତି ସୂଚନା ପ୍ରଦାନ କରିଥିଲେ ।

# ଆଦିବାସୀଙ୍କ ଉନ୍ନତି ପାଇଁ କଂଗ୍ରେସ ଅନେକ କିଛି କରିଛି

ରାଉରକେଲା (ପିଏନ୍): ଆଦିବାସୀଙ୍କ ଉନ୍ନତି ପାଇଁ କଂଗ୍ରେସ ସରକାର ସମୟରେ ଅନେକ କିଛି ପଦକ୍ଷେପ ଗ୍ରହଣ କରାଯାଇଛି । ଶିକ୍ଷା, ନିଯୁକ୍ତି, ରାଜନୀତି ଇତ୍ୟାଦି କ୍ଷେତ୍ରରେ ସଂରକ୍ଷଣ ବ୍ୟବସ୍ଥା କରାଯାଇ ସମାଜର ମୁଖ୍ୟ ସ୍ରୋତରେ ସାମିଲ୍ ହେବାର ସୁଯୋଗ ସୃଷ୍ଟି କରାଯାଇଛି । ତେଣୁ ଆଜି ରାଜ୍ୟରେ ବିଜେଡିର ୨୨ ବର୍ଷର ଶାସନ ଓ କେନ୍ଦ୍ରରେ ବିଜେପିର ୮ ବର୍ଷର ଶାସନ ପରେ ବି ଆଦିବାସୀ ସମ୍ପ୍ରଦାୟର କଂଗ୍ରେସ ପ୍ରତି ସମର୍ଥନ ଓ ପ୍ରତିଷ୍ଠା ଜାରି ରହିଛି ବୋଲି ଆଦିବାସୀ କଂଗ୍ରେସର ରାଜ୍ୟ ଅଧ୍ୟକ୍ଷ ତଥା ପୂର୍ବତନ ବିଧାୟକ ଭୂଜବଳ ମାଝି ରାଉରକେଲା ଠାରେ ପ୍ରକାଶ କରିଛନ୍ତି । ଶ୍ରୀ ମାଝି ତାଙ୍କ ରାଉରକେଲା ଗସ୍ତ ଅବସରରେ କଂଗ୍ରେସ ଭବନଠାରେ ଜିଲ୍ଲା କଂଗ୍ରେସର ଆଦିବାସୀ ବିଭାଗ ତରଫରୁ ଅନୁଷ୍ଠିତ ସଭାରେ ସଙ୍ଗଠନର ସଦସ୍ୟମାନଙ୍କୁ ସମ୍ବୋଧିତ କରି ନିଷ୍ଠାର ସହିତ ଅଧିକ ବ୍ୟାପକ ଭାବେ ସାଧାରଣ ଆଦିବାସୀଙ୍କ ସହିତ ସମ୍ପର୍କକୁ ମଜବୁତ କରିବାକୁ କର୍ମକର୍ତ୍ତାମାନଙ୍କୁ ପରାମର୍ଶ ଦେଇଥିଲେ । ଆଦିବାସୀଙ୍କ ସ୍ୱାର୍ଥବିରୋଧୀ ବର୍ତ୍ତମାନର ବିଜେଡି ଓ ବିଜେପି ସରକାର ଆଦିବାସୀଙ୍କୁ ବିଭ୍ରାନ୍ତ କରି କଂଗ୍ରେସଠାରୁ ଦୂରେଇ ରଖିବାକୁ ଚେଷ୍ଟା କରୁଛନ୍ତି ବୋଲି ଶ୍ରୀ ମାଝି ପ୍ରକାଶ କରି ସମସ୍ତ କର୍ମକର୍ତ୍ତା ଏଥିପ୍ରତି ସଚେତନ ରହିବାକୁ କହିଥିଲେ । ଖୁବ୍‌ଶୀଘ୍ର ଜିଲ୍ଲା କଂଗ୍ରେସର ଆଦିବାସୀ ବିଭାଗକୁ ପୁନର୍ଗଠନ କରାଯିବ ବୋଲି ଶ୍ରୀ ମାଝି ପ୍ରକାଶ କରି ଦକ୍ଷ ଓ କର୍ମଠ କର୍ମୀମାନଙ୍କୁ ପୁନର୍ଗଠିତ କମିଟିରେ ସ୍ଥାନ ଦିଆଯିବ ବୋଲି ପ୍ରକାଶ କରିଥିଲେ । ଜିଲ୍ଲା କଂଗ୍ରେସର ଅନ୍ତରୀଣ ସଭାପତି ଦେବବ୍ରତ ବିହାରୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ସଭାରେ ପୂର୍ବତନ ସଭାପତି ବିରେନ ସେନାପତି, ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ପ୍ରଶାନ୍ତ ସେଠୀ, ପିସିସି ସଭ୍ୟ ରାମାନନ୍ଦ ଶ୍ରୀଚନ୍ଦନ, ପୂର୍ବତନ ଜିଲ୍ଲା ପରିଷଦ ସଭ୍ୟ ସୁଶୀଲ କିଣ୍ଡୋ, ମହିଳା ସଭାନେତ୍ରୀ ନିରୂପମା ବଳିୟାରସିଂ, ଆଦିବାସୀ କଂଗ୍ରେସର ପୂର୍ବତନ ଅଧ୍ୟକ୍ଷ ରାଜେଶ ଟପ୍ପୋ, ରାଜ୍ୟ ମହିଳା କଂଗ୍ରେସ ସମ୍ପାଦିକା ଫିଲିସିତା ଚେରୁଆ, ଜିଲ୍ଲା କଂଗ୍ରେସ ସମ୍ପାଦିକା ସୁନୀତା ଲାକ୍ରା, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର ପ୍ରମୁଖ ବକ୍ତବ୍ୟ ରଖି ସୁନ୍ଦରଗଡ ଜିଲ୍ଲାକୁ ପୁନଶ୍ଚ କଂଗ୍ରେସର ଗଡରେ ପରିଣତ କରିବା ପାଇଁ ଆହ୍ୱାନ ଦେଇ ଏହା ଜିଲ୍ଲାର ଆଦିବାସୀ ଭାଇ ଓ ଭଉଣୀମାନେ ଚାହିଁଲେ ନିଶ୍ଚିତ ହୋଇପାରିବ ବୋଲି କହିଥିଲେ । ପ୍ରାରମ୍ଭରେ ଜିଲ୍ଲା କଂଗ୍ରେସ ଆଦିବାସୀ ବିଭାଗ ତରଫରୁ ଶ୍ରୀ ମାଝିଙ୍କୁ ଆଦିବାସୀ ପରମ୍ପରା ଅନୁଯାୟୀ ମହିଳା କଂଗ୍ରେସର ରାଜ୍ୟ ସମ୍ପାଦିକା କଲ୍ୟାଣୀ ପୂର୍ତ୍ତି, ଜିଲ୍ଲା କଂଗ୍ରେସ ସାଧାରଣ ସମ୍ପାଦିକା ତୁଳସୀ ନାଗ, ଝୁନୁ ପଟ୍ଟନାୟକ ଓ ରୁକସାନା ବେଗମ ପ୍ରମୁଖ ପୁଷ୍ପଗୁଚ୍ଛ ଓ ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରିଥିଲେ । ଉପସଭାପତି ଉମେଶ ଶରଣ ଧନ୍ୟବାଦ ଦେଇଥିବା ବେଳେ ଅନ୍ୟମାନଙ୍କ ମଧ୍ୟରେ ଡେଭିଡ ପ୍ରଧାନ, ଅନୁପ ଖେଡିଆ, ଲୋକନାଥ ଭୂମିଜ, ଇଂ. ଶିବୁ ଓରାମ, ଧନଂଜୟ ମୁଣ୍ଡା, ମୁଖପାତ୍ର କୈଳାସ ସାହୁ, ଦିଲ୍ଲୀପ ଜେନା, ନିର୍ମଳା ସେକ୍, ଅଜୟ ଖାଲକୋ, ଅମୀତ ତିର୍କୀ, ସେବାଦଳର ବୁଲୁ ଦାସ, ରେହେମାନ ଖାନ, ବିଶ୍ୱଜିତ ସାହୁ, ରାଜୁ ପ୍ରସାଦ, ସେକ୍ ସମୀର ପ୍ରମୁଖଙ୍କ ସମେତ ବହୁ କଂଗ୍ରେସ କର୍ମୀ ଏହି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି ।


## ଜିଲ୍ଲାସ୍ତରୀୟ କ୍ରୀଡା ଦିବସ ପାଳିତ

ଖୋର୍ଦ୍ଧା (ପିଏନ)-ଜାତୀୟ କ୍ରୀଡା ଦିବସ ଅବସରରେ ହକି ଖେଳର କିମ୍ବଦନ୍ତୀ ମେଜର ଧ୍ୟାନଚାନ୍ଦଙ୍କ ଜନ୍ମ ବାର୍ଷିକୀ ସ୍ମୃତିକୁ ଉଜ୍ଜିବୀତ କରିବା ପାଇଁ ଏହି ଦିବସଟିକୁ ପାଳନ କରାଯାଇଛି । ଏ ନେଇ ଜିଲ୍ଲା ଶିକ୍ଷାଧିକାରୀ ବିଶ୍ୱନାଥ ତରାଇ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ପତାକା ଦେଖାଇ ଶୁଭାରମ୍ଭ କରିବା ପରେ ଏକ ସଚେତନତା ଶୋଭାଯାତ୍ରା ବାହାରି ସହର ପରିକ୍ରମା କରାଯାଇଥିଲା । ଏହି ଶୋଭାଯାତ୍ରାରେ ବିଭିନ୍ନ ବିଦ୍ୟାଳୟର ଛାତ୍ରଛାତ୍ରୀ ଓ ଶିକ୍ଷକ/ଶିକ୍ଷୟିତ୍ରୀ ପ୍ରମୁଖ ସାମିଲ ହୋଇଥିବା ବେଳେ ପ୍ରାରମ୍ଭରେ ଏକ ସଭା ସହ ଆଲୋଚନା ଚକ୍ର ଅନୁଷ୍ଠିତ ହୋଇଥିଲା ।କ୍ରୀଡା ହେଉଛି ଜୀବନରେ ନିହାତି ଆବଶ୍ୟକତା ରହିଥିବା ବେଳେ ଚିତ ବିନୋଦନ ସହ ସୁସ୍ଥ ଜୀବନଯାପନ ନିମନ୍ତେ ଏକ ମହୌଷଧି ଭଳି କାର୍ଯ୍ୟ କରିଥାଏ । ଲକ୍ଷ୍ୟ ହାସଲ ହେଉଛି ହେଉଛି କ୍ରୀଡାର ମୌଳିକତା ଓ ଏହାକୁ ପାଥେୟ କରି ଜୀବନରେ ଅନେକ ଶିକ୍ଷଣୀୟ କଥା ଅନୁଭବ କରାଯାଇପାରେ ।ଅନେକ ଭଲ ଛାତ୍ର ପାଠପଢା ବ୍ୟତୀତ କ୍ରୀଡାରେ ନିଜର କ୍ୟାରିୟର ଗଠନ କରିବାକୁ ଆଗ୍ରହୀ ହେବା ଅନେକ ଉଜ୍ଜ୍ୱଳ ଉଦାହରଣ ରହିଛି ।ସେହିଭଳି କ୍ରୀଡା କ୍ଷେତ୍ରରେ ଉଭୟ ପୁରୁଷ ଓ ମହିଳାଙ୍କ ସମେତ ଦିବ୍ୟାଙ୍ଗ ମାନଙ୍କ ପାଇଁ ସମାନ ସୁଯୋଗ ରହିଛି ।ପୂର୍ବାପେକ୍ଷା ବିଭିନ୍ନ କ୍ରୀଡାର ପରିସର ବ୍ୟାପକ ହେଉଥିବା ଦୃଷ୍ଟିରୁ ପେଶାଦାର ମାନଙ୍କ ପାଇଁ ମଧ୍ୟ ସମ୍ମାନର ସହ ରୋଜଗାର ଦେବାର ଏକ ମାଧ୍ୟମ ପାଲଟିଛି ।ବିଦ୍ୟାଳୟ ସ୍ତରରୁ କ୍ରୀଡା ଭିତିଭୂମିସୁଦୃଢ଼ କରିବା ନିମନ୍ତେ ସରକାରଙ୍କ ପକ୍ଷରୁ ବିଭିନ୍ନ ପଦକ୍ଷେପ ଗ୍ରହଣ କରାଯାଇଛି ।ଏହାକୁ ଉପଯୋଗ କରି ଜଣେ ସଫଳ କ୍ରୀଡାବିତ ହୋଇ ପାରିବ ବୋଲି ଅତିଥି ମାନେ ମତବ୍ୟକ୍ତ କରିଥିଲେ ।ଏହି ଅବସରରେ ଜିଲ୍ଲା କ୍ରୀଡା ଅଧିକାରୀ ଅଜୟ କୁମାର ବେହେରା,ବ୍ଲକ ଶିକ୍ଷାଧିକାରୀ ସନ୍ଧ୍ୟାରାଣୀ ରାଉତ,ଜିଲ୍ଲା ଶାରିରୀକ କ୍ରୀଡା ନିରୀକ୍ଷକ ପଠାଣି ଆଗ୍ରାସିଂହ ଓ କ୍ରୀଡା ସମୀକ୍ଷକ ଆଶିଷ ରାୟ ପ୍ରମୁଖ ଅଂଶ ଗ୍ରହଣ କରିଥିଲେ ।

## ଆରୁହାରେ ବେଆଇନ କଳାପଥର ଖାଦାନ ମାଫିଆଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଲୋକାୟୁକ୍ତଙ୍କ ନିର୍ଦ୍ଦେଶ

ଧର୍ମଶାଳା (ପିଏନ୍): ଧର୍ମଶାଳା ତହସିଲ ଅନ୍ତର୍ଗତ ଆରୁହା କଳାପଥର ଖାଦାନରେ ବେଆଇନ ଭାବେ କଳାପଥର ଉତୋଳନ କରିଥିବା ପ୍ରଭାକର ଜେନାଙ୍କ ଉପରେ ଲାଗୁ ହୋଇଥିବା ଜୋରିମାନା ଆଦାୟ କରିବାକୁ ପ୍ରଶାସନ ଟାଳଟୁଳ ନିତି ଅବଲମ୍ବନ କରିବା ନେଇ ଲୋକାୟୁକ୍ତଙ୍କ ନିକଟରେ ଅଭିଯୋଗ ହୋଇଥିଲା । ଲୋକାୟୁକ୍ତ ଏହାର ଶୁଣାଣୀ କରି ଯାଜପୁର ଜିଲ୍ଲାପାଳ ଓ ତହସିଲଦାରଙ୍କୁ ସେପଟେମ୍ବର ୨୭ ତାରିଖ ମଧ୍ୟରେ ହାଜିର ହୋଇ ଏହାର ଉତର ରଖିବାକୁ ନିର୍ଦ୍ଦେଶ ଦେଇଛନ୍ତି । ସୂଚନା ମୁତାବକ ଆରୁହା କଳପଥର ପାହାଡର ଖାତା ନଂ ୭୭୯ ଓ ପ୍ଲଟ ନଂ ୨୮୧୦ରେ ଆରୁହା ଗ୍ରାମର ପ୍ରଭାକର ଜେନା ନାମକ ବ୍ୟକ୍ତି ବେଆଇନ ଭାବେ ପଥର ଉତୋଳନ କରି ଅନ୍ୟତ୍ର ଚାଲାଣ କରିବା ସହ ସେଠାରେ ଥିବା ତାଙ୍କର କ୍ରସରରେ ଭଙ୍ଗା ଯାଇଥିବା ନେଇ ସ୍ଥାନୀୟ ଅଂଚଳର ମନୋରନ ଜେନା ଫେବୃଆରୀ ୨୦୧୯ ମସିହାରେ ଧର୍ମଶାଳା ତହସିଲଦାରଙ୍କ ନିକଟରେ ଅଭିଯୋଗ କରିବା ସହ ଜିଲ୍ଲାପାଳଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ । ଏହାକୁ ନେଇ ଧର୍ମଶାଳା ତତକାଳିନ ତହସିଲଦାର ଏହାର ତଦନ୍ତ କରିବାକୁ ସ୍ଥାନୀୟ ଆରଆଇଙ୍କୁ ନିର୍ଦ୍ଦେଶ ଦେଇଥିଲେ । ତେବେ ତଦନ୍ତ ସମୟରେ ସେଠାରେ ବେଆଇନ ଖାଦାନ ଚାଲିଥିବା ବେଳେ ବହୁପରିମାଣର କଳାପଥର ଉତୋଳନ ହୋଇଥିବା ନେଇ ଆରଆଇ ତହସିଲଦାରଙ୍କୁ ରିପୋର୍ଟ କରିଥିଲେ । ଏହାକୁ ଭିତିକରି ତହସିଲଦାର ଥାନାରେ ଅଭିଯୋଗ କରିବା ପରେ ପୁଲିସ ପ୍ରଭାକର ଜେନାଙ୍କୁ ଗିରଫ କରି କୋର୍ଟ ଚାଲାଣ କରିବା ସହିତ ତାଙ୍କ କ୍ରସରକୁ ସିଲ୍ କରିଥିଲା । ତଦନ୍ତ ସମୟରେ ସେଠାରୁ କେତେ ପରିମାଣର କଳାପଥର ଉତୋଳନ ହୋଇଛି ତାହାର ଏକ ରିପୋର୍ଟ ପ୍ରସ୍ତୁତ କରିବାକୁ ତହସିଲଦାର ନିର୍ଦ୍ଦେଶ ଦେଇଥିଲେ । ସମ୍ପୃକ୍ତ ଅଂଚଳର ଆରଆଇ ଏବଂ ପୁଲିସ ମିଳିତ ଭାବେ ସେଠାରେ ତଦନ୍ତ କରି ୨ଲକ୍ଷ ସିଏମ କଳାପଥର ଚାଲାଣ ହୋଇଥିବା ମାପଚୁପରେ ଜଣାପଡିଥିଲା । ଯାହାର ମୂଲ୍ୟ ୨ କୋଟି ୬୦ ଲକ୍ଷ ଟଙ୍କା ଆକଳନ କରାଯାଇଥିଲା । ହେଲେ ଏହି ଘଟଣାକୁ ୨ ବର୍ଷ ବିତିଯାଇଥିଲେ ହେଁ ତହସିଲ ପକ୍ଷରୁ ସମ୍ପୃକ୍ତ ମାଫିଆଙ୍କଠାରୁ ଜୋରିମାନା ଆଦାୟ କରିବାରେ ବିଫଳ ହେବା ନେଇ ଅଭିଯୋଗକାରୀ ମନୋରଂଜନ ଜେନା ଲୋକାୟୁକ୍ତଙ୍କ ନିକଟରେ ଅଭିଯୋଗ କରିଥିଲେ । ଲୋକାୟୁକ୍ତ ୨୨୬/୨୨ରେ ଏକ ମାମଲା ରୁଜୁ କରିଥିଲେ । ଏହି ଘଟଣାର ବିଚାର କରି ଯାଜପୁର ଜିଲ୍ଲାପାଳ ଓ ଧର୍ମଶାଳା ତହସିଲଦାରଙ୍କୁ ଆସନ୍ତା ୨୭ ସେପ୍ଟେମ୍ବର ମଧ୍ୟରେ ହାଜିର ହୋଇ ଘଟଣା ଉପରେ ପ୍ରଶାସନ ପକ୍ଷରୁ କି ପଦକ୍ଷେପ ନିଆଯାଇଛି ତାହା ଲୋକାୟୁକ୍ତଙ୍କୁ ଜଣାଇବା ପାଇଁ ନିର୍ଦ୍ଦେଶ ଦିଆଯାଇଛି । ଏନେଇ ଧର୍ମଶାଳା ତହସିଲଦାର ସ୍ୱାଗତ ଦାସଙ୍କୁ ଯୋଗାଯୋଗ କରିବାରୁ ସେ କହିଲେ ଯେ ଲୁଟ ହୋଇଥିବା କଳାପଥରର ଆକଳନ କରାଯାଇଛି । ଲୋକାୟୁକ୍ତଙ୍କ ନିର୍ଦ୍ଦେଶ ଆସିଲେ ପ୍ରଭାକର ଜେନାଙ୍କ ଠାରୁ ଜରିମାନା ଆଦାୟ ହେବ ।

## ଡ. ଭାଗବତ ପ୍ରସାଦ ଦାସଙ୍କ "ସାନ୍ତାଳୀ ଲୋକକଥା" ଲୋକାର୍ପିତ



ବାଲେଶ୍ୱର (ପିଏନ୍)- ବାଲେଶ୍ୱର ରେମୁଣାର ସାହିତ୍ୟିକ ଡ. ଭାଗବତ ପ୍ରସାଦ ଦାସଙ୍କ ଦଶମ ପୁସ୍ତକ 'ସାନ୍ତାଳୀ ଲୋକକଥା' ମହାବୀର ଆବାସିକ ଉଚ୍ଚ ବିଦ୍ୟାଳୟ ପରିସରରେ ଲୋକାର୍ପିତ ହୋଇଯାଇଛି । ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ମୋନାଲିସା ଦାସଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି ଗବେଷକ ହରେକୃଷ୍ଣ ଗିରି, ଆଲୋଚକ କବି ନିରଞ୍ଜନ ସାହୁ, ସମ୍ମାନୀୟ ଅତିଥି ନାଟ୍ୟକାର ପ୍ରଦୀପ କୁମାର ମିଶ୍ର, ନୟନ କୁମାର ପଣ୍ଡା, ରାଧା ଗୋବିନ୍ଦ ମାହାର୍ଣ୍ଣା, ସଞ୍ଜୟ କୁମାର ପ୍ରଧାନ ପ୍ରମୁଖ ଯୋଗ ଦେଇ ଡ. ଦାସଙ୍କ ସାରସ୍ୱତ କୃତିକୁ ଭୂୟସୀ ପ୍ରଶଂସା କରିଥିଲେ। ସମୀକ୍ଷକ ଶ୍ରୀଯୁକ୍ତ ସାହୁ ପୁସ୍ତକଟି ସମୀକ୍ଷା ସାନ୍ତାଳୀ ଜୀବନଚର୍ଯ୍ୟା, ସେମାନଙ୍କ ପର୍ବ ପର୍ବାଣୀ, ଭାଷା, ଲୋକ ଗୀତ, ଢ଼ଗ ଢ଼ମାଳୀ ତଥା ସାନ୍ତାଳୀ ଲୋକକଥା ସହଜ, ସରଳ ଓ ବୋଧଗମ୍ୟ ଭାଷାରେ ଏଥିରେ ସନ୍ନିବେଶିତ ବୋଲି ମତ ଦେଇଥିଲେ। ବିଦ୍ୟାଳୟର ଛାତ୍ରୀ ବୃନ୍ଦ ସ୍ୱାଗତ ସଂଗୀତ ଗାନ କରିଥିଲା ବେଳେ ପଣ୍ଡିତ ପୂର୍ଣ୍ଣଚନ୍ଦ୍ର ପଣ୍ଡା ମଙ୍ଗଳାଷ୍ଟକ ପାଠ କରିଥିଲେ। ଲେଖକ ଡ. ଦାସ ଲେଖକୀୟ ଅଭିମତ ପ୍ରକାଶ କରିଥିଲା ବେଳେ ଶିକ୍ଷକ ରାଧାରଞ୍ଜନ ଧନ୍ୟବାଦ ଅର୍ପଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଶିକ୍ଷକ ବରୁଣ କୁମାର ନାୟକ, ସତ୍ୟବ୍ରତ ବାଗ୍, ଶିକ୍ଷୟିତ୍ରୀ ମୌସୁମୀ ବାରିକ, ଶୁଭସ୍ମିତା ପତି, ପୂର୍ଣ୍ଣିମା ପ୍ରଧାନ, ରଞ୍ଜିତା ସାନ୍ତରା, ମଧୁସ୍ମିତା ମହାଳିକ, ଲକି ବେହେରା, ଅର୍ପିତା ରାଉତ, ସ୍ୱପ୍ନା ମହାପାତ୍ର, ବାସନ୍ତୀ ପରିଡ଼ା, ସରୋଜ ପତି ପ୍ରମୁଖ ଉପସ୍ଥିତ ଥିଲେ।


DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs.8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS/ASTROLOGERS/VASTU EXPERTS ?
Contact
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Phagun Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟରେ ଚାଲିଛି ପ୍ରିୟାପ୍ରୀତି



ଖୋର୍ଦ୍ଧା,(ପିଏନ): ଖୋର୍ଦ୍ଧା ଜିଲ୍ଲା ବେଗୁନିଆ ବ୍ଲକ ଦେଉଳି ପଞ୍ଚାୟତ ଅନ୍ତର୍ଗତ ଗୋଡ଼ା ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଡେପୁଟେସନରେ ଥିବା ଶିକ୍ଷକଙ୍କୁ ବଦଳି ନ କରିବା ଦାବିରେ ଗ୍ରାମବାସୀ ସମ୍ମୁଖ ଫାଟକକୁ ତାଲା ପକାଇବା ସହ ଛାତ୍ରଛାତ୍ରୀ ମାନେ ଧାରଣାରେ ବସି ପ୍ରତିବାଦ କରିଥିଲେ। ବେଗୁନିଆ ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ ପ୍ରିୟା ପ୍ରୀତି ଯୋଗୁଁ ଅଭିଭାବକ ମହଲରେ ଚାପା ଅସନ୍ତୋଷ ଦେଖା ଦେଇଛି। ଏପରିକି ଛାତ୍ରଛାତ୍ରୀ ମାନଙ୍କୁ ଦିଆ ଯାଇଥିବା ମଧ୍ୟାହ୍ନ ଭୋଜନ ବହୁ ବିଳମ୍ବରେ ଦିଆ ଯାଇଥିଲା। ସୂଚନା ଅନୁଯାୟୀ ଡେପୁଟେସନରେ ଥିବା ଶିକ୍ଷକଙ୍କୁ ବଦଳି ନ କରିବା ପାଇଁ ବିଧାୟକ ପ୍ରଦୀପକୁମାର ସାହୁ, ସ୍ଥାନୀୟ ସରପଞ୍ଚ ଅକ୍ଷୟ କୁମାର ରାଉତରାୟ ଓ ବେଗୁନିଆ ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କୁ ଲିଖିତ ଭାବେ ଜଣାଇ ଗ୍ରାମବାସୀ, ଅଭିବାବକ ଓ ବିଦ୍ୟାଳୟ ପରିଚାଳନା କମିଟି ଗତ ନଭେମ୍ବର ମାସ ୪ ରିଖରେ ଅଭିଯୋଗ କରିଥିଲେ । ଏଥିରେ ବିଧାୟକ ଶ୍ରୀ ସାହୁ ଜନ ସାଧାରଣଙ୍କ ଗୁରୁତ୍ୱକୁ ଉପଲବଧି କରି ତୁରନ୍ତ ସମାଧାନ କରିବା ପାଇଁ ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ। ତେବେ ଏଥିରେ ଗୋଷ୍ଠୀ ଶିକ୍ଷା ଅଧିକାରୀ କାହା କଥା ନ ଶୁଣି ନିଜ ସ୍ୱାର୍ଥ ସାଧନ ପାଇଁ ଗତ ୨ ରିଖରେ ତାଙ୍କ ଚିଠି ନଂ ୨୫୦୫ରେ ସମ୍ପୃକ୍ତ ଶିକ୍ଷକଙ୍କ ଡେପୁଟେସନ ଅର୍ଡରକୁ ବାତିଲ କରି ନିଜ ସ୍କୁଲକୁ ଫେରିଯିବା ପାଇଁ ଚିଠି କରିଛନ୍ତି । ଏହି ବିଦ୍ୟାଳୟରେ ଛାତ୍ରଛାତ୍ରୀଙ୍କ ସଂଖ୍ୟା ଦୃଷ୍ଟିରୁ ୬ଷ୍ଠ ,୭ମ ଶ୍ରେଣୀ ଥିବା ଯୋଗୁଁ ସେଠାରେ ୩ଜଣ ଶିକ୍ଷକ ଦିଲ୍ଲୀପ କୁମାର ନାୟକ ,ବବିତା ନାୟକ ଓ ବିଶ୍ୱରଞ୍ଜନ ବେହେରା କାର୍ଯ୍ୟ କରୁଥିଲେ । ବିଶ୍ୱରଞ୍ଜନ ବେହେରାଙ୍କୁ ସିଆରସିସି କରି ପଠାଇବା ପରେ ଶିକ୍ଷାଦାନ ବ୍ୟାହତ ହୋଇଥିଲା ।ଫଳରେ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ରାଉତପଡାର ଶିକ୍ଷକ ଦେବାଶିଷ ପୃଷ୍ଟିଙ୍କୁ ଗୋଡା ଗ୍ରାମ ସ୍ଥିତ ବିଦ୍ୟାଳୟକୁ ଡେପୁଟେସନରେ ପଠାଇଥିଲେ ।ସେଠାରେ ତାଙ୍କର ଶିକ୍ଷାଦାନ କରିବା ଯୋଗୁଁ ଛାତ୍ରଛାତ୍ରୀ ତଥା ଅଭିବାବକ ମାନଙ୍କ ମଧ୍ୟରେ ବେଶ ଆଦୃତି ଲାଭ କରିଥିବାରୁ ଗ୍ରାମର ଜନସାଧାରଣ ଓ ବିଦ୍ୟାଳୟ ପରିଚାଳନା କମିଟି ତାଙ୍କୁ ସ୍ଥାନାନ୍ତର ନ କରିବା ପାଇଁ ଲିଖିତ ଅଭିଯୋଗ କରିଥିବା ବେଳେ ବିଧାୟକ ମଧ୍ୟ ସୁପାରିଶ କରିଥିଲେ ।କିନ୍ତୁ କାହା ସ୍ୱାର୍ଥରେ ଗୋଷ୍ଠୀ ଶିକ୍ଷା ଅଧିକାରୀ ସ୍ଥାନୀୟ ଜନସାଧାରଣଙ୍କ ଠାରୁ ଆରମ୍ଭ କରି ବିଧାୟକଙ୍କ କଥା ଉପରେ ଗୁରୁତ୍ୱ ନ ଦେଇ ସମ୍ପୃକ୍ତ ଶିକ୍ଷକଙ୍କୁ ନେବା ପାଇଁ ନିର୍ଦ୍ଦେଶ ଜାରି କଲେ ତାହାକୁ ନେଇ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରିଛି ।ଏଠାରେ ଉଲ୍ଲେଖଯୋଗ୍ୟ ଯେ ଗ୍ରାଜୁଏଟ ଶିକ୍ଷକଙ୍କୁ ଧାନଘର ନୂଆଗାଁରୁ ଭି(ଡି)କୁ ପ୍ରମୋସନ ପାଇ ରାଉତପଡା ଉଚ୍ଚ ପ୍ରାଥମିକ ବିଦ୍ୟାଳୟକୁ ବଦଳି ହୋଇ ଆସିଥିଲେ । ଏଠାରୁ ଲେବୁଲ ୪କୁ ପ୍ରମୋସନ ପାଇବା ପରେ ଚକାପଦା ରାମଚଣ୍ଡୀ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ନିଯୁକ୍ତି ପାଇଥିଲେ । ସରକାରୀ ନିୟମ ନ ଥିବାବେଳେ ଜଣେ ଲେବୁଲ ୪ ଶିକ୍ଷକଙ୍କୁ ପୁନଶ୍ଚ ୧୦ ରିଖ ଜାନୁଆରୀ ମାସ ୨୦୨୩ ମସିହାରେ ଚିଠିନଂ୮୪ରେ ଗ୍ରାଜୁଏଟ ଶିକ୍ଷକଙ୍କୁ ରାଉତପଡା ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟକୁ ଡେପୁଟେସନ ଅର୍ଡର କାହା ସ୍ୱାର୍ଥରେ କରା ଯାଇଛି ବୋଲି ସାଧାରଣରେ ଆଲୋଚନା ହେଉଛି ।ସେବେଠାରୁ ରାଉତପଡାରେ କାର୍ଯ୍ୟ କରି ଆସୁଥିବାବେଳେ ଗତ ନଭେମ୍ବର ମାସ ୩୦ ତାରିଖରେ ବିଦ୍ୟାଳୟର ପ୍ରଧାନ ଶିକ୍ଷୟତ୍ରୀ ତିଳତ୍ତମା ମହାପାତ୍ରଙ୍କର ଅବସର ଗ୍ରହଣ ଦିନ ଗ୍ରାଜୁଏଟ ଶିକ୍ଷକଙ୍କର ମାତ୍ରାଧିକ କାର୍ଯ୍ୟ ଯୋଗୁଁ ସେଠାରେ ଅପ୍ରୀତିକର ପରିସ୍ଥିତିର ସାମନା କରିବାକୁ ପଡିଥିଲା ।ଯାହା ଫଳରେ ରାଉତପଡା ନ ଯିବା ପାଇଁ ମନସ୍ଥ କରି ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ ଉପରେ ନିଜର ପତିଆରା ଜାହିର କରିଥିଲେ । ଗୋଷ୍ଠୀ ଶିକ୍ଷା ଅଧିକାରୀ ଗ୍ରାଜୁଏଟ ଶିକ୍ଷକଙ୍କର ଡେପୁଟେସନ ଅର୍ଡର ବାତିଲ କରି ପୁଣି ଚକାପଦା ରାମଚଣ୍ଡୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଯୋଗ ଦେବା ପାଇଁ ଅର୍ଡର କରିଥିଲେ ।ଅନ୍ୟପଟେ ଗୋଷ୍ଠୀ ଶିକ୍ଷା ଅଧିକାରୀ ବିଧାୟକଙ୍କ ଠାରୁ ଆରମ୍ଭ କରି ଗୋଡ଼ା ଗ୍ରାମର ଜନସାଧାରଣ ,ଛାତ୍ର ଅଭିବାବକ ଏବଂ ପରିଚାଳନା କମିଟି କଥାକୁ ଗୁରୁତ୍ୱ ନଦେଇ ଶ୍ରୀ ପୃଷ୍ଟିଙ୍କର ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ରାଉତପଡାକୁ ଅର୍ଡର କରିଛନ୍ତି ।ଯାହାର ପରିଣାମ ସ୍ୱରୂପ ଆଜି ଗୋଡ଼ା ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିଚାଳନା କମିଟିର ସଭାପତି ଆରତ ପରିଡାଙ୍କ ନେତୃତ୍ୱରେ ଛାତ୍ର ଅଭିବାବକ ଓ ପରିଚାଳନା କମିଟି କର୍ମକର୍ତ୍ତା ମାନେ ବିଦ୍ୟାଳୟ ଗେଟ ରେ ତାଲା ପକାଇଥିଲେ ।ଛାତ୍ରଛାତ୍ରୀ ମାନେ ବିଦ୍ୟାଳୟ ଆଗରେ ରାସ୍ତା ଉପରେ ଧାରଣାରେ ବସି ରହିଥିଲେ ।ଗୋଷ୍ଠୀ ଶିକ୍ଷା ଅଧିକାରୀ ଘଟଣା ସମ୍ପର୍କରେ ଜାଣି ମଧ ନ ଯାଇ ସିଆରସିସିଙ୍କ ମାଧ୍ୟମରେ କଥାବାର୍ତ୍ତା କରି ତାଙ୍କ କାର୍ଯ୍ୟାଳୟକୁ ଡାକିଥିଲେ ।ଫଳରେ ଅପରାହ୍ନ ୧ଘଣ୍ଟା ସମୟରେ ବିଦ୍ୟାଳୟର ତାଲା ଖୋଲାଯାଇ କମିଟିର ସଭାପତି ଶ୍ରୀ ପରିଡା ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟକୁ ଆଲୋଚନା ପାଇଁ ଯାଇଥିଲେ ।କିନ୍ତୁ ଗୋଷ୍ଠୀ ଶିକ୍ଷା ଅଧିକାରୀ ନିଜ ଜିଦରେ ଅଟଳ ରହିବା ଯୋଗୁଁ ପରିଚାଳନା କମିଟି ସଭାପତି ଆରତ ପରିଡାଙ୍କ ସମେତ ଗ୍ରାମବାସୀ ମାନେ ଅସନ୍ତୋଷ ପ୍ରକାଶ କରି ଫେରିବା ସହିତ ଆସନ୍ତା କାଲି ପୁନଶ୍ଚ ବିଦ୍ୟାଳୟରେ ତାଲା ପକାଇବେ ବୋଲି କହିଛନ୍ତି । ଏହି ଘଟଣା ସମ୍ପର୍କରେ ବିଇଓ ଭାସ୍କର ଲେଙ୍କାଙ୍କୁ ପଚାରିବାର ଶିକ୍ଷକ ଜଣକ ଏଭଳି କରିଛନ୍ତି ବୋଲି କହିଥିଲେ । ଗୋଷ୍ଠୀ ଶିକ୍ଷା ଅଧିକାରୀ ନିଜର ଦୋଷ ଦୁର୍ବଳତା ଲୁଚାଇବାକୁ ଯାଇ ଗ୍ରାଜୁଏଟ ଶିକ୍ଷକ ଡେପୁଟେସନ ବାବଦରେ ପଚାରି ବାରୁ କ୍ୟାନସର ରୋଗରେ ପୀଡିତ ହୋଇ ଥିବାରୁ ତାଙ୍କୁ ଫେରାଇ ଅଣା ଯାଇଛି ବୋଲି କହିଛନ୍ତି। ପ୍ରକୃତ ପକ୍ଷେ ଦେଖିବାକୁ ଗଲେ ବେଗୁନିଆ ବ୍ଲକରେ ବ୍ରେନଷ୍ଟ୍ରୋକ ଯୋଗୁଁ ଆକ୍ରାନ୍ତ ହୋଇ ଶିକ୍ଷକ ଜଣକ ନିୟମିତ ଭାବେ ୭ କିମି ଯାଇ ଶିକ୍ଷାଦାନ କରିଥାନ୍ତି। ଏହିଭଳି ଅନେକ ଶିକ୍ଷକ ଥିବା ବେଳେ ଗୋଷ୍ଠୀ ଶିକ୍ଷା ଅଧିକାରୀ କାହିଁକି ଗ୍ରାଜୁଏଟ ଶିକ୍ଷକଙ୍କୁ ଘଣ୍ଟ ଘୋଡାଇ ରଖିଛନ୍ତି ତାହା ସମସ୍ତଙ୍କୁ ବିସ୍ମିତ କରିଛି ।

## ବିଷୟ-ୱାର୍ଡ଼ ନଂ ୩୮ରେ କରୋନା ସଚେତନତା କାର୍ଯ୍ୟକ୍ରମ

ଭୁବନେଶ୍ୱର,(ପିଏନ)-ନୟାପଲ୍ଲୀ ୱାର୍ଡ଼ ନଂ ୩୮ ର ବାଲିତୋଟାସାହି ବସ୍ତିରେ କରୋନା ସଚେତନତା କାର୍ଯ୍ୟକ୍ରମ କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ ୱାର୍ଡ ନଂ ୩୮ର ପୂର୍ବତନ କର୍ପୋରେଟର୍ ନିଖିଳ କୁମାର ବଳବନ୍ତରାୟ, ଡେପୁଟୀ ସେକ୍ରେଟେରୀ ସ୍ୱୋଟସ୍ ସିଳେନ୍ଦ୍ର କୁମାର ଜେନା, ଜେ.ଡି.ସି.ଓ ପ୍ରତାପ ପ...ନାୟକ, ୱାର୍ଡ଼ ଅଫିସର ନିଳମାଧବ ବିଶ୍ୱାଳ, କମ୍ୟୁନିଟି ଅର୍ଗାନାଇଜର୍ ନିବେଦିତା ଦାସ୍, ସାନିଟାରୀ ଇନସ୍ପେକ୍ଟର ସୁନିଲ କୁମାର ସାହୁ ଓ ୱାର୍ଡ଼ର ସମସ୍ତ ସୁପରଭାଇଜର ଉପସ୍ଥିତ ରହି ଜନସାଧାରଣ କିପରିଭାବେ କରୋନାରୁ ବିତ ହେବେ ସେ ବାବଦରେ ନିଜ ନିଜର ବକ୍ତବ୍ୟ ପ୍ରଦାନ କରିବା ସହ ସଚେତନତାର ର୍ବା ବନ କରିଥିଲେ । ଏହି କାର୍ଯ୍ୟକ୍ରମରେ ୱାର୍ଡ଼ ନଂ-୩୮ର ବାଲିତୋଟାସାହି ବସ୍ତିର ଅନେକ ମହିଳା ଓ ଯୁବବନ୍ଧୁମାନେ ଉପସ୍ଥିତ ଥିଲେ ।

## ରେଳବାଇ ଇଞ୍ଜିନିୟରିଂ କର୍ମଚାରୀ ପୁରସ୍କୃତ

ସମ୍ବଲପୁର,(ପିଏନ)- ସମ୍ବଲପୁର ରେଳ ମଣ୍ଡଳର ଇଞ୍ଜିନିୟରିଂ ବିଭାଗର ସମ୍ବଲପୁର ଠାରେ କାର୍ଯ୍ୟରତ ଟେକ୍ନିସିଆନ ଜୟ ପ୍ରକାଶ ଭକ୍ତଙ୍କ କାର୍ଯ୍ୟଦକ୍ଷତା ଓ କାର୍ଯ୍ୟ ପ୍ରତି ଉଲ୍ଲେଖନୀୟ ଯୋଗଦାନ ପାଇଁ ସୁରସ୍କୃତ କରାଯାଇଅଛି । ତାଙ୍କର କର୍ତ୍ତବ୍ୟ ନିଷ୍ଠା ଓ ସମର୍ପଣ ମାନ୍ୟତା ସ୍ୱରୂପ ମଣ୍ଡଳ ରେଳ ପ୍ରବନ୍ଧକ ପ୍ରଦୀପ କୁମାର ପ୍ରମାର ପତ୍ର ସହ ନଗଦ ରାଶି ଦେଇ ସମ୍ମାନିତ କରିଥିଲେ । ଏହି ଅବସରରେ ବରିଷ୍ଠ ମଣ୍ଡଳ ଇଞ୍ଜିନିୟର (ସମନ୍ୱୟ) ଜୟନ୍ତ କୁମାର ଖମାରୀ, ମଣ୍ଡଳ ଇଞ୍ଜିନିୟର (ମଧ୍ୟ) ସରୋଜ କାନ୍ତ ଦାସ ଉପସ୍ଥିତ ଥିଲେ ।

## ବାଲେଶ୍ୱର ସଦର ବିଧାନସଭା ଆସନ ଉପ ନିର୍ବାଚନ: ନିର୍ଦ୍ଦିଷ୍ଟ ବର୍ଗଙ୍କ ପାଇଁ ପୋଷ୍ଟାଲ ବାଲଟ୍ ସୁବିଧା

ବାଲେଶ୍ୱର(ପିଏନ)-ବାଲେଶ୍ୱର ସଦର ବିଧାନସଭା ନିର୍ବାଚନମଣ୍ଡଳୀରେ ହେବାକୁ ଥିବା ଉପ- ନିର୍ବାଚନରେ ନିର୍ଦ୍ଦିଷ୍ଟ କିଛି ବର୍ଗର ବ୍ୟକ୍ତିବିଶେଷଙ୍କୁ ପୋଷ୍ଟାଲ ବାଲଟ୍ ସୁବିଧା ଯୋଗାଇ ଦିଆଯିବ । ଏ ସଂକ୍ରାନ୍ତରେ ଭାରତର ନିର୍ବାଚନ କମିଶନ ମାର୍ଗଦର୍ଶିକା ଜାରି କରିଛନ୍ତି । ପୂର୍ବରୁ କେବଳ ସରକାରୀ କର୍ମଚାରୀ ଏବଂ ନିର୍ବାଚନ କାର୍ଯ୍ୟରେ ନିୟୋଜିତ ଥିବା ବ୍ୟକ୍ତିବିଶେଷଙ୍କୁ ଏହି ସୁବିଧା ମିଳୁଥିବା ବେଳେ ବର୍ତ୍ତମାନ ଆହୁରି ତିନୋଟି ବର୍ଗର ବ୍ୟକ୍ତିବିଶେଷଙ୍କୁ ଏହି ସୁବିଧା ପ୍ରଦାନ କରାଯିବ । କୋଭିଡ-୧୯ ନିମନ୍ତେ ସତର୍କତା ଅବଲମ୍ବନ ପୂର୍ବକ ଏହି ତିନୋଟି ବର୍ଗର ମତଦାତାମାନଙ୍କୁ ପୋଷ୍ଟାଲ ବାଲଟ୍ ଜରିଆରେ ମତଦାନ କରିବା ପାଇଁ ନିର୍ବାଚନ କମିଶନ ଅନୁମତି ପ୍ରଦାନ କରିଛନ୍ତି । ଏହି ତିନୋଟି ବର୍ଗ ହେଲେ ୧. ବରିଷ୍ଠ ନାଗରିକ(୮୦ ବର୍ଷରୁ ଉର୍ଦ୍ଧ୍ୱ ବ୍ୟକ୍ତିବିଶେଷ) ୨. ଦିବ୍ୟାଙ୍ଗ ବ୍ୟକ୍ତି ଯାହାଙ୍କ ନାମ ମତଦାତା ସୂଚୀରେ ଚିହ୍ନିତ ହୋଇଥିବ । ୩. କୋଭିଡ୍-୧୯ରେ ଆକ୍ରାନ୍ତ ବା କୋଭିଡ-୧୯ରେ ପୀଡିତ ହୋଇଥିବା ନେଇ ସନ୍ଦେହ କରାଯାଉଥିବା ବ୍ୟକ୍ତିବିଶେଷ । ଉପରୋକ୍ତ ତିନି ଶ୍ରେଣୀର ମତଦାତାମାନଙ୍କୁ ପୋଷ୍ଟାଲ ବାଲଟ୍ ମାଧ୍ୟମରେ ମତଦାନ କରିବା ପାଇଁ ଫର୍ମ-୧୨ଘ(୧୨ଡ) ରେ ରିଟର୍ଣ୍ଣିଂ ଅଧିକାରୀଙ୍କୁ ଆବେଦନ କରିବାକୁ ପଡିବ । ଏହି ଫର୍ମ ବୁଥସ୍ତରୀୟ ଅଧିକାରୀ(ବି.ଏଲ.ଓ)ମାନେ ବଂଟନ କରିବେ । ଏହି ତିନି ଶ୍ରେଣୀର ମତଦାତାମାନେ ଫର୍ମ ପୂରଣ କରି ବି.ଏଲ.ଓ.ମାନଙ୍କୁ ଫେରସ୍ତ କରିବେ। ଏହା ପରେ ସେମାନଙ୍କ ନାମରେ ପୋଷ୍ଟାଲ ବାଲଟ୍ ଜାରି କରାଯିବ । ଦ୍ୱିତୀୟରେ ପୋଷ୍ଟାଲ ବାଲଟ୍‌ଗୁଡିକୁ ଏହି ତିନି ଶ୍ରେଣୀର ମତଦାତାଙ୍କ ପାଖରେ ଜଣେ ବି.ଏଲ.ଓ. ବା ଅନ୍ୟାନ୍ୟଅଧିକାରୀଙ୍କ ଜରିଆରେ ସେମାନଙ୍କ ଘରେ ପହଂଚାଇବାର ବ୍ୟବସ୍ଥା କରାଯିବ, ଯେଉଁଥିରେ ସେମାନେ ମତଦାନ କରିବା ସହିତ ଲଫାପାରେ ସିଲ୍ କରି ସମ୍ପୃକ୍ତ ଅଧିକାରୀମାନଙ୍କ ମାଧ୍ୟମରେ ଫେରାଇ ପାରିବେ । ତାଙ୍କ ଘରକୁ ଅଧିକାରୀମାନେ ଯାଇ ଏହାକୁ ସଂଗ୍ରହ କରିବେ । ପୋଷ୍ଟାଲ ବାଲଟ୍ ଗ୍ରହଣ କରିବା ପାଇଁ ବି.ଏଲ.ଓ. କିମ୍ବା ଅନ୍ୟାନ୍ୟ ଅଧିକାରୀମାନେ ୨ଥର ମତଦାତାଙ୍କ ଘରକୁ ଯିବେ । ସେହି ୨ ଥର ମଧ୍ୟରେ ମତଦାତାମାନେ ତାଙ୍କର ପୋଷ୍ଟାଲ ବାଲଟ୍ ପୂରଣ କରି ଫେରସ୍ତ କରିବା କାର୍ଯ୍ୟ ଯେପରି ସମାପନ କରିବେ, ତାହାକୁ ସୁନିଶ୍ଚିତ କରିବେ । ଜିଲ୍ଲା ନିର୍ବାଚନ ଅଧିକାରୀ ତଥା ଜିଲ୍ଲାପାଳ, ବାଲେଶ୍ୱରଙ୍କ ତରଫରୁ ମତଦାତାମାନଙ୍କୁ ସୂଚୀତ କରାଯାଉଛି ଯେ ପୋଷ୍ଟାଲ ବାଲଟ୍ ମାଧ୍ୟମରେ ମତଦାନ କରିବା ବାଧ୍ୟତାମୂଳକ ନୁହେଁ । ଦ୍ୱିତୀୟତଃ ଏହା ମଧ୍ୟ ସର୍ବସାଧାରଣଙ୍କୁ ଜଣାଇ ଦିଆଯାଉଛି ଯେ ଥରେ ପୋଷ୍ଟାଲ ବାଲଟ୍ ମାଧ୍ୟମରେ ମତଦାନ ପାଇଁ ସମ୍ମତି ପ୍ରଦାନ କରିବା ପରେ ସେହି ବ୍ୟକ୍ତିବିଶେଷ ପୋଲିଂ ବୁଥରେ ଯାଇ ଭୋଟ୍ ଦେଇପାରିବେ ନାହିଁ । ନିର୍ବାଚନ ପାଇଁ ବିଜ୍ଞପ୍ତି ଆସନ୍ତା ଅକ୍ଟୋବର ୯ତାରିଖରେ ପ୍ରକାଶ ପାଇବାକୁ ଥିବା ବେଳେ ପୋଷ୍ଟାଲ ବାଲଟ୍ ପାଇଁ ଫର୍ମ-୧୨ଘ(୧୨ଡ)କୁ ବୁଥସ୍ତରୀୟ ଅଧିକାରୀ(ବି.ଏଲ.ଓ) ବା ଅନ୍ୟାନ୍ୟ ଅଧିକାରୀ ୯ତାରିଖରୁ ୧୩ତାରିଖ ମଧ୍ୟରେ ଉପରବର୍ଣ୍ଣିତ ବର୍ଗର ମତଦାତାମାନଙ୍କୁ ବଂଟନ କରିବା ସହ ଦରଖାସ୍ତଗୁଡିକୁ ସଂଗ୍ରହ କରିବେ । ପୋଷ୍ଟାଲ ବାଲଟ୍ ବ୍ୟବସ୍ଥାର ସୁପରିଚାଳନା ପାଇଁ ନୀଳଗିରି ଉପ-ଜିଲ୍ଲାପାଳ ଶ୍ରୀ ହରିଶ ଚନ୍ଦ୍ର ଜେନାଙ୍କୁ ନୋଡାଲ୍ ଅଫିସର ଭାବେ ଦାୟିତ୍ୱଦିଆଯାଇଛି । ଏ ସମ୍ପର୍କରେ କୌଣସି ସନ୍ଦେହ ଥିଲେ ତାଙ୍କ ମୋ. ନମ୍ବର-୯୪୩୭୧୭୪୫୧୩ରେ ଯୋଗାଯୋଗ କରିବାକୁ କୁହାଯାଇଛି । ଏହି କାର୍ଯ୍ୟକ୍ରମକୁ ସଫଳ କରିବା ପାଇଁ ଜିଲ୍ଲାପାଳ ଶ୍ରୀ କେ.ସୁଦର୍ଶନ ଚକ୍ରବର୍ତ୍ତୀ ସମସ୍ତ ରାଜନୈତିକ ଦଳ ଓ ଜନସାଧାରଣଙ୍କୁ ସହଯୋଗ କରିବା ପାଇଁ ନିବେଦନ କରିଛନ୍ତି ।

## ଗନ୍ଧମାର୍ଦ୍ଦନ ଲୋଡିଂ ଏଜେନ୍ସି ତରଫରୁ ଜେଲ ଅନ୍ତେବାସୀଙ୍କୁ ମାସ୍କ ଏବଂ ହ୍ୟାଣ୍ଡ ଫ୍ରି ସାନିଟାଇଜର ପ୍ରଦାନ

କେନ୍ଦୁଝର,(ପିଏନ): କେନ୍ଦୁଝର ଜିଲ୍ଲା କାରାଗାରରେ ଥିବା ଅନ୍ତେବାସୀଙ୍କ ସୁରକ୍ଷା ଏବଂ କୋଭିଡ-୧୯ ସଂକ୍ରମଣ ରୋକିବା ପାଇଁ ଶୁଆକାଟୀସ୍ଥିତ ଗନ୍ଧମାର୍ଦ୍ଦନ ଲୋଡିଂ ଏଜେନ୍ସି ପକ୍ଷରୁ ମଙ୍ଗଳବାର ଦିନ ୬୦୦ମାସ୍କ,ସାନିଟାଇଜର,୪୦ଟି ହ୍ୟାଣ୍ଡ ଗ୍ଲୋବସ,ହ୍ୟାଣ୍ଡ ଫ୍ରି ସାନିଟାଇଜର,୨୦ଟି ପିପିଇ କିଟ,୬୦୦ ସାବୁନ ଦିଆଯାଇଛି। ଏହି ହ୍ୟାଣ୍ଡ ଫ୍ରି ସାନିଟାଇଜରରେ ହାତ ନଲଗାଇ ପ୍ୟାଡେଲ ମାଧ୍ୟମରେ ଗୋଡରେ ଚାପ ଦେଇ ହାତକୁ ସାନିଟାଇଜ କରାଯାଇପାରିବ। ଜେଲ ଅଧିକ୍ଷକ ଗରିବ ସାହୁ,ଜେଲର ଅମୀୟ ବେହେରା,ଆସିଷ୍ଟା ଜେଲର ମହେଶ୍ୱର କୁଜୁର,କାରା ମଙ୍ଗଳ ଅଧିକାରୀ ପୂଜା ନାୟକ,ୱାର୍ଡର ସ୍ୱାଗତ କୁମାର ରଥଙ୍କ ଉପସ୍ଥିତିରେ ଲୋଡିଂ ଏଜେନ୍ସି ର ସମ୍ପାଦକ ଅଞ୍ଜନ କୁମାର ବେଜ,ପ ାନନ ବାରିକ ଏହି ସାମଗ୍ରୀ ପ୍ରଦାନ କରିଛନ୍ତି। ଲୋଡିଂ ଏଜେନ୍ସି ପକ୍ଷରୁ ଜେଲ ଅନ୍ତେବାସୀଙ୍କୁ ଏହି ସାମଗ୍ରୀ ପ୍ରଦାନ କରାଯାଇଥିବାରୁ ଜେଲ ତରଫରୁ ସାଧୁବାଦ ଜ୍ଞାପନ କରାଯାଇଛି।

## ଖଟିଖିଆଙ୍କୁ ମାଗଣା ଖାଦ୍ୟ, ୬ ମାସ ପାଇଁ ପ୍ରତି ପରିବାରକୁ ଆର୍ଥିକ ସହାୟତା ଦାବିରେ ସିପିଆଇଏମ୍‌ର ବିକ୍ଷୋଭ

ଭଦ୍ରକ, (ପିଏନ)- ସିପିଆଇଏମ୍ ପଲିଟି ବ୍ୟୁରୋ ଡାକରାରେ ସାରା ଦେଶରେ ଗତ ୧୭ ତାରିଖ ଠାରୁ ମୋଦି ସରକାର ବିରୋଧୀ ଆନ୍ଦୋଳନ ଜାରି ରହିଛି। ଏହି ପରିପ୍ରେକ୍ଷୀରେ ବିଭିନ୍ନ ଦାବି ନେଇ ସିପିଆଇଏମ ଭଦ୍ରକ ଜିଲ୍ଲା କମିଟି ପକ୍ଷରୁ ସ୍ଥାନୀୟ ବନ୍ତ ଛକଠାରେ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି। ସମଗ୍ର ବିଶ୍ୱ କରୋନା ମହାମାରୀ କବଳରେ ରହିଛି। ଭାରତ ବର୍ଷ ମଧ ଏଥିରୁ ବାଦ୍ ପଡିନାହିଁ। ଦେଶବାସୀଙ୍କ ଜୀବନ ଓ ଜୀବିକା ସଂକଟମୟ ସ୍ଥିତି ମଧ୍ୟରେ ଗତି କରୁଛି। ଏଭଳି ସମୟରେ କେନ୍ଦ୍ରର ମୋଦି ସରକାର ସଂସଦରେ ଏ ବିଷୟ ଆଲୋଚନା ନ କରି କୃଷିଜାତ ଦ୍ରବ୍ୟ ଡାଲି, ଧାନ, ଆଳୁ, ପିଆଜକୁ ୩ଟି ଅଧ୍ୟାଦେଶ ଜରିଆରେ କର୍ପୋରେଟ କମ୍ପାନୀ ହାତକୁ ଟେକି ଦେଇଛି। ସମସ୍ତ ରାଷ୍ଟ୍ରାୟ ଶିଳ୍ପ ଯଥା ରେଳବାଇ, ବିମାନ ସେବା, ବ୍ୟାଙ୍କ, ଡାକ, ବୀମା, ଖଣିକୁ ଶାଗମାଛ ଦରରେ ଆଦାନୀ, ଅମ୍ବାନୀ ତଥା ବିଦେଶୀ କର୍ପୋରେଟ କମ୍ପାନୀକୁ ଟେକି ଦିଆଯାଉଛି ବୋଲି ବିକ୍ଷୋଭ ଅବସରରେ ଆରୋପ କରାଯାଇଛି। ଦେଶରେ ପେଟ୍ରୋଲ, ଡିଜେଲର ଦରବୃଦ୍ଧିକୁ ନିୟନ୍ତ୍ରଣ କରିବା, ଅତ୍ୟାବଶ୍ୟକ ସାମଗ୍ରୀର ମୂଲ୍ୟରେ ସ୍ଥିରତା ଆଣିବା, କରୋନା ମହାମରୀ ଜନିତ ଗରିବ ଖଟିଖିଆ ରିକ୍ସା ଚାଳକ, ନିର୍ମାଣ ଶ୍ରମିକ, ପରିବହନ ଶ୍ରମିକ, ବନ୍ଦର ଶ୍ରମିକ, ଟ୍ରଲି ଚାଳକ ଭଳି ପରିବାରକୁ ମାଗଣା ଖାଦ୍ୟ ଯୋଗାଣ ଓ ପ୍ରତି ପରିବାରକୁ ୬ ମାସ ପାଇଁ ମାସିକ ୭୫୦୦ ଟଙ୍କା ଆର୍ଥିକ ସହାୟତା ଯୋଗାଇବାକୁ ବିକ୍ଷୋଭ ସଭାରେ ଦାବି କରାଯାଇଛି।

## କାରଖାନା ବନ୍ଦ ପାଇଁ ଚକ୍ରାନ୍ତ, ବଢ଼ୁଛି ଅସନ୍ତୋଷ

କେନ୍ଦୁଝର, (ପିଏନ): କେନ୍ଦୁଝର ଜିଲ୍ଲାରେ ଖଣିଜ ସଂପଦର ସଦୁପଯୋଗ କରିବା ପାଇଁ ଶିଳ୍ପ ପ୍ରତିଷ୍ଠା ଜରୁରୀ ହୋଇପଡିଛି। ବହୁ କମ୍ପାନୀ ଶିଳ୍ପ ନକରି ଖଣିଜ ପଥର ଚାଲାଣ କରି ଲାଭବାନ ହେଉଥିବାବେଳେ କେତେକ କମ୍ପାନୀ ଖଣିଜ ପଥର ସଦୁପଯୋଗ କରିବା ସହ ଜିଲ୍ଲାର ବିକାଶ ଓ ସ୍ଥାନୀୟ ଅ ଳର ବେକାର ଯୁବକ ଯୁବତୀଙ୍କ ନିଯୁକ୍ତିକୁ ଆଖି ଆଗରେ ରଖି ଶିଳ୍ପ ପ୍ରତିଷ୍ଠା କରିଛନ୍ତି। ତେବେ କେତେକ ମୁଷ୍ଟିମେୟ ନ୍ୟସ୍ତସ୍ୱାର୍ଥ ବ୍ୟକ୍ତି ନିଜର ଫାଇଦା ପାଇଁ ସ୍ଥାନୀୟ ସରଳ ଗରୀବ ଲୋକଙ୍କୁ ମତାଇ ଉକ୍ତ ଶିଳ୍ପ ବନ୍ଦ ପାଇଁ ଚକ୍ରାନ୍ତ ଚଳାଇ ଆସୁଥିବାରୁ ଅସନ୍ତୋଷ ବଢ଼ିବାରେ ଲାଗିଛି। ଏଭଳି ଘଟଣା ବାଂଶପାଳ ବ୍ଲକ ଅଁରା ଗ୍ରାମରେ ପ୍ରତିଷ୍ଠିତ ହୋଇଥିବା ଶ୍ରୀ ମେଟାଲିକ୍ସ କାରଖାନାକୁ ବନ୍ଦ କରିବା ପାଇଁ ଷଡଯନ୍ତ୍ର କରାଯାଉଥିବା ନେଇ ସ୍ଥାନୀୟ ଲୋକ କେନ୍ଦୁଝର ଜିଲ୍ଲାପାଳଙ୍କଠାରେ ମଙ୍ଗଳବାର ଦିନ ଅଭିଯୋଗ କରିଛନ୍ତି। ଏହି କାରଖାନା ଆଦିବାସୀ ଅଧ୍ୟୁଷିତ ଅ ଳରେ ନିଯୁକ୍ତି ସୁଯୋଗ ସୃଷ୍ଟି କରିବା ପାଇଁ ୨୦୧୦ ମସିହାରେ ପ୍ରତିଷ୍ଠା ହୋଇ କାର୍ଯ୍ୟକ୍ଷମ ହୋଇଥିଲା। ଏହାଦ୍ୱାରା କାମ ଆଶାରେ ଜମି ଦେଇଥିବା ଶତାଧିକ ପରିବାର ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବେ ଉପର ରାଇଗୋଡା ପ ାୟତ ସମେତ ମାଳଦା,ପୁଳଝର,କୁଲୁଣ୍ଡି,ଶୁଆକାଟୀ,ବାଂଶପାଳ ଆଦି ପ ାୟତର ବହୁ ବେକାର ଯୁବକ ଉପକୃତ ହୋଇ ଆସୁଥିଲେ। ତେବେ କେତେକ କୁଚକ୍ରୀ ଗୋଷ୍ଠୀଙ୍କ ଚକ୍ରାନ୍ତରେ ୨୦୧୪ ମସିହାରେ କାରଖାନା ବନ୍ଦ ହୋଇଯାଇଥିଲା। ଉକ୍ତ ସମୟରେ ସ୍ଥାନୀୟ ଲୋକେ କାମଧନ୍ଦା ହରାଇ ଆର୍ଥିକ ଦୁର୍ଦ୍ଦଶାର ସମ୍ମୁଖୀନ ହୋଇଥିଲେ। କାରଖାନା ପାଇଁ ଜମି ଦେଇଥିବା ଲୋକମାନେ ବାଧ୍ୟ ହୋଇ ଭିଟାମାଟି ଛାଡି କାମଧନ୍ଦା ପାଇଁ ବାହାରକୁ ପଳାଇବାକୁ ବାଧ୍ୟ ହୋଇଥିଲେ। ପରେ ଜମିହରା ଲୋକଙ୍କ ଅନୁରୋଧ ଓ ଅନୁକୁଳ ପରିବେଶ ସୃଷ୍ଟି ହେବା ପରେ ୨୦୧୭ ରେ ପୁନଃ ସ୍ଥାନୀୟ ଲୋକଙ୍କ ସହଯୋଗରେ କାରଖାନା ଚାଲୁ ହୋଇଥିଲା। ଏବେ କେତେକ ନ୍ୟସ୍ତ ସ୍ୱାର୍ଥବାଦୀ ଲୋକ ନିଜର ଫାଇଦା ପାଇଁ ଗରୀବ ଓ ନିରୀହ ଆଦିବାସୀଙ୍କୁ ପ୍ରଲୋଭିତ କରି କାରଖାନାରେ ବିଶୃଙ୍ଖଳା ସୃଷ୍ଟି କରି ବନ୍ଦ କରିବା ପାଇଁ ଉଦ୍ୟମ ଚଳାଇଛନ୍ତି। ଅନେକ ସମୟରେ ମିଥ୍ୟା ଓ ଭି ିହୀନ ଅଭିଯୋଗ କରି କାରଖାନା କ ୃପକ୍ଷଙ୍କୁ ବିବାଦ ଘେରକୁ ଟାଣି ନେବାକୁ ଚେଷ୍ଟା କରିବା ସହ ଉ ଜନା ପରିସ୍ଥିତି ସୃଷ୍ଟି କରୁଛନ୍ତି। ସେମାନେ ଗରୀବ ଲୋକଙ୍କୁ ପ୍ରଲୋଭିତ କରି କିମ୍ବା ଧମକଚମକ ଦେଇ କାରଖାନାରେ କାମ କରିବାକୁ ବାରଣ କରୁଛନ୍ତି। ସେମାନଙ୍କୁ ହାତବାରିସି କରି ହିଂସାତ୍ମକ ଆନ୍ଦୋଳନ କରିବା ସହ ଅରାଜକତା ସୃଷ୍ଟି କରି ଶ୍ରୀ ମେଟାଲିକ୍ସ ପ୍ଲା କୁ ବନ୍ଦ କରିବାକୁ ଉଦ୍ୟମ ଚଳାଇଛନ୍ତି। କାରଖାନା ବନ୍ଦ ହେଲେ ଶହ ଶହ ଜମିହରା ଗ୍ରାମବାସୀ ଏବଂ କାରଖାନା ଉପରେ ନିର୍ଭରଶୀଳ ସ୍ଥାନୀୟ ଅ ଳର ଅଧିବାସୀ ଜୀବନଜୀବିକା ହରାଇବେ ଓ କରୋନା ମହାମାରୀ ସମୟରେ କାମଧନ୍ଦା ହରାଇ ସେମାନଙ୍କର ଆର୍ଥିକ ସ୍ଥିତି ଦୋହଲିଯିବ। ଏଣୁ ଏଥିରେ ଜିଲ୍ଲା ପ୍ରଶାସନ ହସ୍ତକ୍ଷେପ କରି କୁଚକ୍ରୀ ଷଡଯନ୍ତ୍ରକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି କାରଖାନାକୁ ଶାନ୍ତିପୂର୍ଣ୍ଣ ଭାବରେ ପରିଚାଳନା କରିବାକୁ ଅଁରା ଗ୍ରାମବାସୀ ଓ ଶ୍ରୀ ରାଧାକୃଷ୍ଣ ଗ୍ରାମ କମିଟି ତରଫରୁ ଅନୁରୋଧ କରାଯାଇଛି। ଏହାର ଏକକିତା ନକଲ ମୁଖ୍ୟ ଶାସନ ସଚିବଙ୍କୁ ପ୍ରଦାନ କରିବା ସହ କେନ୍ଦୁଝର ଉପଜିଲ୍ଲାପାଳ,ସଦର ଏସଡିପିଓ, ବାଂଶପାଳ ତହସିଲଦାର, ନୟାକୋଟ ଥାନା ଅଧିକାରୀଙ୍କୁ ପ୍ରଦାନ କରିଛନ୍ତି।

## ଭୁବନ ସିଏଚସିରେ ୬୧ ଜଣଙ୍କର ଆଂଟିଜେନ ଟେଷ୍ଟ ହେଲା

ଭୁବନ, (ପିଏନ)- ଭୁବନ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ଅଗଷ୍ଟ ୧୧ ତାରିଖ ମଙ୍ଗଳବାର ଠାରୁ ଆଂଟିଜେନ ଟେଷ୍ଟିଂ ଆରମ୍ଭ ହୋଇଥିବା ବେଳେ ଆଜି ସମୁଦାୟ ୬୧ ଜଣ ବ୍ୟକ୍ତି ଟେଷ୍ଟିଂ କରିଥିଲେ। ତେବେ ଆଜି ସୁଦ୍ଧା ୨୩୬୯ ଜଣ ବ୍ୟକ୍ତି ଆଂଟିଜେନ ଟେଷ୍ଟ କରିଥିବା ଜଣାପଡିଛି । ଭୁବନ ଏନଏସିରେ ଦିନକୁ ଦିନ ଥଣ୍ଡା,କାଶ,ଜ୍ୱର ସହିତ କରୋନା ସଂକ୍ରମିତ (ପଜିଟିଭ) ଙ୍କ ସଂଖ୍ୟା ବୃଦ୍ଧି ପାଇ ପାଖାପାଖି ୫ ଶହରେ ପହଁଚିଥିବାରୁ ଲୋକମାନେ ନିଜର ସୁରକ୍ଷା ଓ ସ୍ୱାସ୍ଥ୍ୟରକ୍ଷା ପାଇଁ ଅଧିକ ରୁ ଅଧିକ ସଂଖ୍ୟାରେ ଆଂଟିଜେନ ଟେଷ୍ଟ କରିବାକୁ ଡାକ୍ତରଖାନାରେ ଗହଳି କରୁଥିବା ଦେଖିବାକୁ ମିଳୁଛି ।

## ଉପଖଣ୍ଡ ଚିକିତ୍ସାଳୟରେ ବ୍ଲଡ ଷ୍ଟୋରେଜ ୟୁନିଟ୍‌କୁ କାର୍ଯ୍ୟକ୍ଷମ ଦାବୀ

ନୂଆପଡା, (ପିଏନ)- ନୂଆପଡା ଜିଲ୍ଲା ଖଡିଆଳ ସ୍ଥିତ ଉପଖଣ୍ଡ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ୩ ବର୍ଷ ତଳେ ବ୍ଲଡ ଷ୍ଟୋରେଜ ୟୁନିଟ ଖୋଲାଯାଇଥିଲା । ହେଲେ ଆବଶ୍ୟକ ରକ୍ତ ସଂଗ୍ରହ ହୋଇ ପାରୁନଥିବା ଯୋଗୁଁ ଏହି ୟୁନିଟ ବନ୍ଦ କରି ଦିଆଯାଇଥିବା ଜଣାପଡିଛି । ଫଳରେ ଏହି ୟୁନିଟକୁ ତୁରନ୍ତ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି । ନୂଆପଡା ଜିଲ୍ଲାର ପ୍ରମୁଖ ଏବଂ ମୁଖ୍ୟସ୍ଥଳୀ ଭାବରେ ଖଡିଆଳ ଜଣାଶୁଣା । ଏଠାରେ ରକ୍ତ ଅଭାବରୁ ଅନେକ ରୋଗୀ ଉପଯୁକ୍ତ ଚିକିତ୍ସା ସେବା ପାଇ ପାରୁନଥିବା ବେଳେ ବ୍ଲଡ ଷ୍ଟୋରେଜ ୟୁନିଟର ନିତାନ୍ତ ଆବଶ୍ୟକତା ରହିଛି । ରାଜ୍ୟ ସରକାର ତଥା ଜିଲ୍ଲା ପ୍ରଶାସନ ତରଫରୁ ପ୍ରତିମାସରେ ରକ୍ତଦାନ ଶିବିର ଆୟୋଜନ କରି ଆବଶ୍ୟକ ରକ୍ତ ମହଜୁଦ ରଖିବାକୁ ଇତିପୂର୍ବେ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ । ତଦନୁରୂପ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀ ରକ୍ତଦାନ ଶିବିର ଆୟୋଜନ ପାଇଁ ବୈଠକ ମଧ୍ୟ କରିଥିଲେ। କିନ୍ତୁ କୌଣସି କାରଣ ନଥାଇ ତାହାକୁ ବିନା କାରଣରେ ବନ୍ଦ କରି ଦିଆଯାଇଛି । ଖଡିଆଳ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପ୍ରସୂତୀ ଅସ୍ତ୍ରୋପ୍ରଚାର କେନ୍ଦ୍ର ରୁପେ ଜିଲ୍ଲା ପ୍ରଶାସନ ସ୍ୱୀକୃତି ଦେଇଥିବା ବେଳେ ଆନୁସାଙ୍ଗିକ ବ୍ୟବସ୍ଥା ନହେବା କାରଣରୁ ଅନେକ ଗର୍ଭବତୀ ମହିଳା ମାନେ ସ୍ୱାସ୍ଥ୍ୟକେନ୍ଦ୍ରରେ ପ୍ରସବ କରିବାକୁ ବିଫଳ ହେଉଛନ୍ତି। ଖଡିଆଳ ସ୍ୱାସ୍ଥ୍ୟକେନ୍ଦ୍ରରେ ଦୈନିକ ଦୈନିକ ୧୦ ରୁ ଉର୍ଦ୍ଧ୍ୱ ମାଁ ପ୍ରସବ କରୁଛନ୍ତି। କିନ୍ତୁ ଅନେକ ମାଁଙ୍କୁ ରକ୍ତ ମିଳୁନଥିବା ଯୋଗୁଁ ଶିଶୁ ଜନ୍ମ ଦେଲା ପରେ ମଧ୍ୟ ନୂଆପଡା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପ୍ରସୂତୀଙ୍କୁ ନେବାକୁ ବାଧ୍ୟ ହେଉଛନ୍ତି । ବ୍ଲଡ ଷ୍ଟୋରେଜ ୟୁନିଟ କାର୍ଯ୍ୟକ୍ଷମ ହେଲେ ଅନେକ ପ୍ରସୂତୀ ମାଁ ସମେତ ଅନ୍ୟାନ୍ୟ ରୋଗୀ ମାନେ ଉପକୃତ ହୋଇପାରନ୍ତେ ବୋଲି ଖଡିଆଳ ବୁଦ୍ଧିଜିବୀ ପ୍ରକାଶ କରିଛନ୍ତି । ଜିଲ୍ଲା ପ୍ରଶାସନ ତୁରନ୍ତ ଦୃଷ୍ଟି ଦେଇ ବ୍ଲଡ ଷ୍ଟୋରେଜ ୟୁନିଟକୁ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି ।

## ଭୁବନ ବିଜେପି ତରଫରୁ ସେବା ସପ୍ତାହ ଉଦଯାପିତ

ଭୁବନ, (ପିଏନ)- ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ୭୦ ତମ ଜନ୍ମଜୟନ୍ତୀ ଅବସରରେ ଭୁବନ ବିଜେପି ତରଫରୁ ଅନୁଷ୍ଠିତ ସେବା ସପ୍ତାହ କାର୍ଯ୍ୟକ୍ରମ ଉଦଯାପିତ ହୋଇଯାଇଛି। ବୃକ୍ଷରୋପଣ,ଦିବ୍ୟାଙ୍ଗଙ୍କୁ ଉପକରଣ ବଣ୍ଟନ,ଡାକ୍ତରଖାନାରେ ରୋଗୀଙ୍କୁ ଫଳ ବଣ୍ଟନ,ରକ୍ତଦାନ ଶିବିର ଏବଂ ଅନ୍ତିମ ଦିବସରେ ଗତକାଲି ପ୍ରସିଦ୍ଧ ଶୈବପୀଠ ବାବା ବୁଦ୍ଧେଶ୍ୱରଙ୍କ ମନ୍ଦିର ପରିସରରେ ସ୍ୱଚ୍ଛଭାରତ କାର୍ଯ୍ୟକ୍ରମ କରାଯାଇ ସେବା ସପ୍ତାହ ଉଦଯାପିତ ହୋଇଥିଲା । ଭୁବନ ନଗରମଣ୍ଡଳ ସଭାପତି ଭବାନୀ ଶଙ୍କର ବେହେରା ଙ୍କ ନେତୃତ୍ୱରେ ଆୟୋଜିତ ସମସ୍ତ କାର୍ଯ୍ୟକ୍ରମରେ କାମାକ୍ଷାନଗର ବିଧାୟକ ପ୍ରାର୍ଥୀ ତଥା ବରିଷ୍ଠ ବିଜେପି ନେତା ଶତୃଘ୍ନ ଜେନା ମୁଖ୍ୟ ଅତିଥି ଭାବେ ଯୋଗଦେଇଥିଲେ । ମଣ୍ଡଳ ସାଧାରଣ ସଂପାଦକ ସୁରେନ୍ଦ୍ର କୁମାର ପୃଷ୍ଟି, ଯୁବମୋର୍ଚ୍ଚା ସଭାପତି ନିର୍ମଳ ଗୁରୁ, ପୂର୍ବତନ କାନସିଲର ମାୟାଧର ଗୁରୁ,ପବିତ୍ର ସାହୁ,ଗଣେଶ୍ୱର ନାୟକ,ସୁଶାନ୍ତ ନାୟକ,ସନ୍ତୋଷ ରାଉଳ,ନିରଂଜନ ଗୁରୁ, ମଳୟ ତ୍ରିପାଠୀ,ଜଗବନ୍ଧୁ ଗୁରୁ,ଅଜିତ ସାହୁ,ସଂଜୟ ଗୁରୁ,ନାରୀନେତ୍ରୀ ସରୋଜିନୀ ରଣା,ଅମ୍ବିକା ବେଜ,ସୁକାନ୍ତି ବେହେରା ପ୍ରମୁଖ ଯୋଗଦେଇ କାର୍ଯ୍ୟକ୍ରମକୁ ସଫଳ କରିଥିଲେ । ଅନୁରୂପ ଭାବେ ଭୁବନ ବ୍ଲକର ମହୁଲପାଳ ମଣ୍ଡଳ ସଭାପତି ଚୈତନ୍ୟ ବେହେରା,ମୃଦଙ୍ଗା ସରପଂଚ ଅଶୋକ ଦତ,ମହୁଲପାଳ ସରପଂଚ ମମତା ସାହୁ,ଗଗନ ବିହାରୀ ସାହୁ ଏବଂ ବାରଆଁ ମଣ୍ଡଳ ତରଫରୁ ସଭାପତି ସଂଜୟ ଦାସ ଙ୍କ ନେତୃତ୍ୱରେ ରସାନନ୍ଦ ମହାପାତ୍ର, ଜିଲ୍ଲା ସାଧାରଣ ସଂପାଦକ ପ୍ରେମାନନ୍ଦ ଜେନା ଙ୍କ ସହଯୋଗରେ ସେବା ସପ୍ତାହ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା ।

## ୩୦ ବର୍ଷର ଫଳପୁରର ଜଙ୍ଗଲ ଜମି ଏବେ ବ୍ୟକ୍ତିଗତଙ୍କ ନାଁରେ : ଆନ୍ଦୋଳନ ପାଇଁ ୫ ପଂଚାୟତବାସୀ ଏକଜୁଟ

ଭଦ୍ରକ, (ପିଏନ)- ଭଦ୍ରକ ଜିଲା ଧାମନଗର ତହସିଲ ଅଧିନରେ ଥିବା ବିଭିନ୍ନ ଗୋଚର, ଅନାବାଦୀ ଓ ଜଙ୍ଗଲ ଜମିକୁ କେତେକ ଜମି ଦଲାରୀ ଚଂଚକତା କରି ନିଜ ନାମରେ କରି ନେଇଥିବା ଅଭିଯୋଗ ହୋଇଛି । ଏପରିକି ଉକ୍ତ ଜମିରେ ସଂପୃକ୍ତ ଦଲାରୀମାନେ ପକ୍କାଘର ସହିତ ଜବରଦଖଲ କରିବାରେ ସକ୍ଷମ ହୋଇଛନ୍ତି । ଏନେଇ ବିଭିନ୍ନ ମହଲରୁ ବାରମ୍ବାର ଅଭିଯୋଗ ସତ୍ୱେ ବି ସେମାନଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ହେଉନଥିବା ଅଭିଯୋଗ ହୋଇଛି। ଏହାକୁ ନେଇ ଅଂଚଳବାସୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି । ପ୍ରକାଶ ଥାଉକି ଧାମନଗର ତହସିଲ ଅନ୍ତର୍ଗତ ଭଟ୍ଟସାହି ପଂଚାୟତ ଫଳପୁର ମୌଜାର ତଫସିଲ ଗ୍ରାମ୍ୟ ଜଙ୍ଗଲ ବୃତିକୁ ଚଂଚକତା କରି ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ନିଜ ନାମରେ ପଟ୍ଟା କରିନେଇଥିବା ଜଣାଯାଇଛି । ଅଭିଯୋଗରୁ ଜଣାଯାଇଛି ଯେ, ଜମିଦାରୀ ସମୟରେ ସୁଶିଳାବାଳା ଦାସୀ ନାମରେ ଉକ୍ତ ତଫସିଲ ରେକର୍ଡ ଦରଜ ଥିଲା । ସାବକରେ ଏହାର ଖାତା ନଂ-୧୩୫ ଅବଂ ପ୍ଲଟ ନଂ-୧୫୬୦ ଓ ୧୫୬୧, ରକବା ୨ଏକର ୧୧ ଡିସିମିଲ ଥିଲା । ତତ୍‌ପରେ ଉକ୍ତ ତଫସିଲ ହାଲ ବନ୍ଦୋବସ୍ତରେ ରାଧାକାନ୍ତ ବୋଷ ପିତା-ରାମକୃଷ୍ଣ ବୋଷ, ବାସସ୍ଥାନ-କୋଠାରରେ ରେକର୍ଡ ଦରଜ ଥାଇ ପୁନର୍ବାର ରାଧାକାନ୍ତ ବୋଷଙ୍କ ଦୁଇ କନ୍ୟା ରାଜେଶ୍ୱରୀ ଦେ ଓ ତନୁଶ୍ରୀ ମିତ୍ରଙ୍କ ନାମରେ ରେକର୍ଡ ହୋଇଥିଲେ ହେଁ ପ୍ରକୃତପକ୍ଷେ ସେମାନେ କେହିଁ ଏହି ଜଙ୍ଗଲ ଜମିରେ ଦଖଲଦାରୀ ନଥିଲେ। ପରବର୍ତ୍ତୀ ସମୟରେ ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ସେମାନଙ୍କ ଠାରୁ ଚଂଚକତା କରି ଉକ୍ତ ଜଙ୍ଗଲ ଜମିକୁ ନିଜ ନାମରେ କରି ପଟ୍ଟା ପାଇବାରେ ସକ୍ଷମ ହୋଇଛନ୍ତି । ଏହି ଚଂଚକତା ଘଟଣା ଜଣାପଡିବା ପରେ ଆଖପାଖ ଅଂଚଳର ଭଟ୍ଟସାହି ସମେତ ନଦୀଗାଁ, ଦଳାଙ୍ଗ, ଅର୍ଜୁନପୁର ଓ ବୟାଙ୍ଗଡିହ ଆଦି ପଂଚାୟତର ଶହଶହ ଜନସାଧାରଣଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି । ଉକ୍ତ ଗ୍ରାମ୍ୟ ଜଙ୍ଗଲରେ ପାରିପାର୍ଶ୍ୱରେ ଅରଳେଶ୍ୱର ମହାଦେବ ମନ୍ଦିର, ଶନିଦେବଙ୍କ ମନ୍ଦିର, କଣ୍ଡିଆଶୁଣି ଏବଂ ପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ଅସ୍ଥାନ ରହିଛି । ମଧ୍ୟଭାଗରେ ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡକ ରାସ୍ତା ଏବଂ ଜଙ୍ଗଲର ଚତୁପାର୍ଶ୍ୱରେ କଣ୍ଡିଆ ଓ ଗେଙ୍ଗୁଟି ନଦୀ ଥିବାରୁ ପରିବେଷକୁ ସୁନ୍ଦର କରିଛି । ଏନେଇ ଉକ୍ତ ୫ଟି ପଂଚାୟତର ଶତାଧିକ ଜନସାଧାରଣ ଏହି ଗ୍ରାମ୍ୟ ଜଙ୍ଗଲ ପରିସରରେ ଥିବା କଣ୍ଡିଆଶୁଣୀ ପୀଠରେ ଏକତ୍ରିତ ହୋଇ ପରବର୍ତ୍ତୀ କାର୍ଯ୍ୟପନ୍ଥା ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ୩୦ ବର୍ଷ ଧରି ସରକାରଙ୍କ ଏହି ସ୍ଥାନ ଗ୍ରାମ୍ୟ ଜଙ୍ଗଲର ମାନ୍ୟତା ପାଇଥିଲା ବେଳେ କିପରି ଭାବେ ଏହି ଜମିକୁ ସଂପୃକ୍ତ ବ୍ୟକ୍ତିଙ୍କ ନାମରେ ରେକର୍ଡଭୁକ୍ତ କରାଗଲା । ଏହି ର୍ୟାକେଟ ପଛରେ କେଉଁ ସରକାରୀ ଅଧିକାରୀଙ୍କ ହାତ ଅଛି ତାହାକୁ ତୁରନ୍ତ ବାହାର କରିବା ସହିତ ଜଙ୍ଗଲ ଜମିକୁ ସୁରକ୍ଷା ଦେବା ପାଇଁ ଏକ ପ୍ରତିନିଧି ଦଳ ଆଗାମୀ ଦିନରେ ଭଦ୍ରକ ଜିଲାପାଳଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିବାକୁ ସ୍ଥିର କରାଯାଇଛି । ଏଥିସହ ଧାମନଗର ତହସିଲଦାରଙ୍କ ସମେତ ମୁଖ୍ୟମନ୍ତ୍ରୀ, ଆରଡିସି, ରାଜସ୍ୱ ଓ ଜଙ୍ଗଲ ବିଭାଗର ମନ୍ତ୍ରୀ, ସାଂସଦ, ସ୍ଥାନୀୟ ବିଧାୟକ ଓ ପଂଚାୟତ ସମିତି ଅଧକ୍ଷଙ୍କୁ ଏକ ଲିଖିତ ଅଭିଯୋଗ ପତ୍ର ପ୍ରଦାନ କରାଯିବା ପାଇଁ ନିଷ୍ପତି ହୋଇଛି । ଏହି ବୈଠକରେ ସମାଜସେବୀ ମଧୁସୂଦନ ମହାନ୍ତିଙ୍କ ସଭାପତିତ୍ୱରେ ନାରାୟଣ ଚନ୍ଦ୍ର ନାୟ, ସଂଜୟ କୁମାର ମହାପାତ୍ର, ଉମେଶ ଚନ୍ଦ୍ର ମହାନ୍ତି, ସମିତିସଭ୍ୟ ବିରଜା ପ୍ରସନ୍ନ ରାଉତ, ବିଶ୍ୱଜିତ ପତି, ସଂଜିବ କୁମାର ସାହୁ, ଦୁଃଶାସନ ପଣ୍ଡା, ପ୍ରମୋଦ କୁମାର ମହାନ୍ତି, ମନୋଜ କୁମାର ମହାନ୍ତି, ଗୋଲେଖ ଚନ୍ଦ୍ର ମହାନ୍ତି, ହରେକୃଷ୍ଣ ମହାଳିକ, ଆନନ୍ଦଚନ୍ଦ୍ର ମହାପାତ୍ର, ବାବାଜୀ ଚରଣ ନାୟକ, ପ୍ରଦୀପ ମହାପାତ୍ର, ସନ୍ଦିପ ମହାନ୍ତି, ଜନ୍ମଜୟ ପତି, ବୁଲୁ ପଣ୍ଡା, ଉପେନ୍ଦ୍ର ମହାପାତ୍ର, ରାମଚନ୍ଦ୍ର ସାହୁ, ପ୍ରଦୀପ ନାୟକ, ଦିପ୍ତି ମହାପାତ୍ର, କ୍ଷେତ୍ରବାସୀ ବାରିକ, ହରେକୃଷ୍ଣ ପ୍ରଧାନ, ପ୍ରତାପ ଜେନାଙ୍କ ସମେତ ଶତାଧିକ ଜନସାଧାରଣ ଉପସ୍ଥିତ ରହି ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ । ଉପରୋକ୍ତ କାର୍ଯ୍ୟକୁ ପରିଚାଳନା ପାଇଁ ଏକ କମିଟି ଗଠନ କରାଯାଇଛି ।

୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

ପର୍ଯ୍ୟବେକ୍ଷକ

Bhubaneswar Saturday December 07 ଭୁବନେଶ୍ୱର ଶନିବାର, ଡିସେମ୍ବର ୦୭ର,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com

# କଳ୍ପନା, ସର୍ଜନା ଓ ପ୍ରଭାବକୁ ନେଇ କିଟ୍‌ରେ କେ-ଆଇଥ୍ରୀ ଫେଷ୍ଟ ଉଦ୍‌ଘାଟିତ



ଭୁବନେଶ୍ୱର,(ପି.ଏନ): ପରିକଳ୍ପନା, ସର୍ଜନା ଓ ପ୍ରଭାବ (ଆଇଡିଆ, ଇନୋଭେସନ୍, ଇମ୍ପାକ୍ଟ)କୁ ନେଇ କିଟ୍ ବିଶ୍ୱବିଦ୍ୟାଳୟରେ କେ-ଆଇଥ୍ରୀ ଫେଷ୍ଟ ଉଦ୍‌ଘାଟିତ ହୋଇଯାଇଛି। କେ-ଆଇଥ୍ରୀ ଫେଷ୍ଟ ପ୍ରଥମ ସଂସ୍କରଣର ବିଷୟ ବସ୍ତୁ ରହିଛି ଫ୍ରଣ୍ଟିଅର ଟେକ୍ନୋଲୋଜି ଫର ବିକଶିତ ଭାରତ-୨୦୪୭। କିଟ୍ ଡିନ୍ ଗୋଲ୍ଡ କ୍ଲବ୍ ଆନୁକୂଲ୍ୟରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଓପିଏସ୍‌ସିର ପ୍ରାକ୍ତନ ଅଧ୍ୟକ୍ଷ ବ୍ରିଗେଡିୟର ଡ. ଲକ୍ଷ୍ମୀ ଚରଣ ପଟ୍ଟନାୟକ ଯୋଗଦେଇ ପରିକଳ୍ପନା, ସର୍ଜନା ଓ ଏଗୁଡ଼ିକର ପ୍ରଭାବ ଉପରେ ଛାତ୍ରଛାତ୍ରୀଙ୍କୁ ଉଦ୍‌ବୋଧନ ଦେଇଥିଲେ। ସେ କହିଲେ ବିଶ୍ୱର ପ୍ରାୟ ଅଧିକାଂଶ ସର୍ଜନା ଓ ଆବିଷ୍କାର ବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟସ୍ତରରୁ ହିଁ ଆରମ୍ଭ ହୋଇଛି। ଥ୍ରିଡି ପ୍ରିଣ୍ଟିଂଠାରୁ ଆରମ୍ଭ କରି ବ୍ଲକଚେନ୍ ଟେକ୍ନୋଲୋଜି ପର୍ଯ୍ୟନ୍ତ ବିଭିନ୍ନ ସର୍ଜନା ବିଶ୍ୱବିଦ୍ୟାଳୟସ୍ତରରୁ ଆରମ୍ଭ ହୋଇଛି। ଏବେ ଆତ୍ମନିର୍ଭର ଭାରତ ପ୍ରୟାସ ଅଧିନରେ ବିଭିନ୍ନ ପ୍ରତିରକ୍ଷା ଉତ୍ପାଦ ତିଆରି କରାଯାଉଛି। ଏଭଳି ଉଦ୍ୟୋଗ କରି ବହୁ ଯୁବକ ଉଦ୍ୟୋଗପତି ହୋଇପାରିଛନ୍ତି ବୋଲି ସେ କହିଥିଲେ। କିଟ୍, କିସ୍ ଓ କିମ୍‌ସ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ଛାତ୍ରଛାତ୍ରୀଙ୍କୁ ସୂଚନା ଦେଇ କହିଲେ, କେବଳ କୌଣସି ପରିକଳ୍ପନାକୁ ନିଜ ମନ ମଧ୍ୟରେ ଆଣିଲେ ହେବ ନାହିଁ। ଏହାକୁ କାର୍ଯ୍ୟକାରୀ କରିବା ସହ ଏହା ପ୍ରଭାବ କଣ ରହିବ ତା ଉପରେ ମଧ୍ୟ ଚିନ୍ତା କରିବା ଉଚିତ। ନିଜ ପରିକଳ୍ପନା ଓ ସର୍ଜନାର ଯଦି କୌଣସି ପ୍ରଭାବ ନ ରହିଲା ତେବେ ତାହା ଫଳପ୍ରଦ ହୋଇ ନ ଥାଏ। ନିଜ ସର୍ଜନାକୁ ଆଗକୁ ନେଇଯିବା ପାଇଁ କିଟ୍ ହେଉଛି ପ୍ରକୃଷ୍ଟ କ୍ଷେତ୍ର ବୋଲି ଶ୍ରୀ ସାମନ୍ତ କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ କିଟ୍ ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ଶରଣଜିତ ସିଂହ, କୁଳସଚିବ ପ୍ରଫେସର ଜ୍ଞାନ ରଞ୍ଜନ ମହାନ୍ତି ଓ ବିଭିନ୍ନ ସ୍କୁଲ୍‌ର ଡିନ୍‌ମାନେ ଉପସ୍ଥିତ ରହି ବକ୍ତବ୍ୟ ପ୍ରଦାନ କରିଥିଲେ। ଏହି ଅବସରରେ କିଟ୍‌ର ୨୪ଟି ବିଭିନ୍ନ ସ୍କୁଲ୍‌ର ୬ଶହ ଛାତ୍ରଛାତ୍ରୀ ୨୫୦ରୁ ଊର୍ଦ୍ଧ୍ୱ ପ୍ରକଳ୍ପ ପ୍ରଦର୍ଶନୀରେ ଅଂଶଗ୍ରହଣ କରିଥିଲେ। ଶେଷରେ ଡିନ୍ ଗୋଲ୍ଡ କ୍ଲବ୍ ଅଧ୍ୟକ୍ଷ ପ୍ରଫେସର ଶ୍ରୀନିବାସ ପଟ୍ଟନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

# ଟାଟା ଷ୍ଟିଲ ଫାଉଣ୍ଡେସନ ପକ୍ଷରୁ ଦିବ୍ୟାଙ୍ଗଜନଙ୍କୁ କୃତ୍ରିମ ଅଙ୍ଗ ପ୍ରଦାନ



ସୁକିନ୍ଦା, (ପି.ଏନ): ଟାଟା ଷ୍ଟିଲ୍ ଫାଉଣ୍ଡେସନ୍ ପକ୍ଷରୁ ଜୟପୁର ଫୁଟ୍ ଅର୍ଗାନାଇଜେସନ୍ ସହଯୋଗରେ ଆଜି ଟାଟା ଷ୍ଟିଲର ସୁକିନ୍ଦା କ୍ରୋମାଇଟ୍ ଖଣି ସ୍ଥିତ ସବଳ କେନ୍ଦ୍ରରେ ଭିନ୍ନକ୍ଷମ (ପିଡବ୍ଲ୍ୟୁଡି)ଙ୍କ ପାଇଁ ଏକ ତିନି ଦିନିଆ କୃତ୍ରିମ ଅଙ୍ଗ ବିତରଣ ଶିବିର ଆୟୋଜିତ ହୋଇଯାଇଛି। ଆନ୍ତର୍ଜାତିକ ଭିନ୍ନକ୍ଷମ ଦିବସ ଅବସରରେ ଆରମ୍ଭ କରାଯାଇଥିବା ଏହି କାର୍ଯ୍ୟକ୍ରମରେ ସୁକିନ୍ଦା, ବ୍ରାହ୍ମଣୀପାଳ, କଳିଙ୍ଗନଗର ଓ ମେରାମଣ୍ଡଳୀର ୩୮ ଜଣ ଭିନ୍ନକ୍ଷମଙ୍କୁ କୃତ୍ରିମ ଅଙ୍ଗ ଓ ସହାୟତା ଉପକରଣ ପ୍ରଦାନ କରାଯାଇଥିଲା। ଏହି ସମାରୋହରେ ଟାଟା ଷ୍ଟିଲ ଫେରୋ ଆଲଏଜ୍ ଆଣ୍ଡ ମିନେରାଲ୍ସ ଡିଭିଜନ (ଏଫ୍‌ଏଏମଡି)ର ଏକଜିକ୍ୟୁଟିଭ ଇନଚାର୍ଜ ପଙ୍କଜ ସତିଜା ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ଏହି ଅବସରରେ ସେ କହିଛନ୍ତି ଯେ, 'ଭିନ୍ନକ୍ଷମମାନେ ଯେପରି ସ୍ୱତନ୍ତ୍ର ଓ ଆତ୍ମବିଶ୍ୱାସ ପୂର୍ଣ୍ଣ ଜୀବନଯାପନ କରିପାରିବେ ସେଥିପାଇଁ ଆମ ତରଫରୁ ଏହା ଏକ ଛୋଟ ପ୍ରୟାସ। ଏହି କୃତ୍ରିମ ଅଙ୍ଗ ଯୋଗେ ଦିବ୍ୟାଙ୍ଗମାନେ ସୁବିଧାରେ ଚଳପ୍ରଚଳ କରିବା ସହ ସେମାନଙ୍କ ଆତ୍ମସମ୍ମାନ ଫେରିପାଇବେ। ସେମାନଙ୍କ ମୁହଁରେ ହସ ଫୁଟାଇ ଏହି ଦୁନିଆକୁ ଆହୁରି ସରସ ସୁନ୍ଦର କରିବା ପାଇଁ ଆମେ ସମସ୍ତେ ଏପରି ପ୍ରୟାସ ନିଶ୍ଚୟ କରି ପାରିବା'ଶିବିର ଆରମ୍ଭରୁ ଜୟପୁର ଫୁଟ୍ ଟିମ୍ ପକ୍ଷରୁ ଦିବ୍ୟାଙ୍ଗଙ୍କୁ ଦିଆଯିବାକୁ ଥିବା କୃତ୍ରିମ ଅଙ୍ଗ ପାଇଁ ମାପ ନିଆଯାଇଥିଲା। ସବଳ କେନ୍ଦ୍ରରେ ଏହି ବଣ୍ଟନ ସମୋରାହ ଗ୍ରାମୀଣ ଏବଂ ଆଦିବାସୀ ସମ୍ପ୍ରଦାୟର ଭିନ୍ନକ୍ଷମମାନଙ୍କ ଚଳପ୍ରଚଳ ଏବଂ ସ୍ୱାଧୀନତା ବୃଦ୍ଧି କରିବାର ଏକ ଗୁରୁତ୍ୱପୂର୍ଣ୍ଣ ମାଇଲଖୁଂଟ ସାଜିଥିଲା। ଏହି ପଦକ୍ଷେପ ପ୍ରତ୍ୟେକ ବ୍ୟକ୍ତିଙ୍କୁ ନିଜର ଜୀବିକା ନିର୍ବାହ ଓ ଆତ୍ମସମ୍ମାନର ସହ ବଞ୍ଚିବା ପାଇଁ ଏକ ସମାବେଶୀ ସମାଜ ଗଠନ ଦିଗରେ ଟାଟା ଷ୍ଟିଲ ଫାଉଣ୍ଡେସନର ପ୍ରତିବଦ୍ଧତାକୁ ସୁନିଶ୍ଚିତ କରିପାରିଛି।ଏହି କାର୍ଯ୍ୟକ୍ରମରେ ଟାଟା ଷ୍ଟିଲ (ଏଫ୍‌ଏଏମଡି) ଖଣି ମୁଖ୍ୟ ଶମ୍ଭୁନାଥ ଝା, କମର୍ଦ୍ଧା ଓ ସାରୁଆବିଲ ଖଣି ମୁଖ୍ୟ ନବୀନ ଶ୍ରୀବାସ୍ତବ, ଏଫ୍‌ଏଏମଡି ପ୍ରଶାସନିକ ମୁଖ୍ୟ ପ୍ରମୋଦ କୁମାର, ଟାଟା ଷ୍ଟିଲ ଫାଉଣ୍ଡେସନ, ସୁକିନ୍ଦା ମୁଖ୍ୟ ଡ଼ା ଜୟନ୍ତ କୁମାର ତ୍ରିପାଠୀ ଆଦି ଉପସ୍ଥିତ ଥିଲେ।

# ପେଣ୍ଟିଂ ଆସୋସିଏସନର ୧୨ ଦଫା ଦାବିପତ୍ର



ଜଗତସିଂହପୁର,(ପି ଏନ)ଅଲ ଓଡିଶା ପେଣ୍ଟିଂ ଆଟିଷ୍ଟ ୱାର୍କସ ଆସୋସିଏସନ ଜଗତସିଂହପୁର ଜିଲ୍ଲା ଶାଖା ପକ୍ଷରୁ ୧୨ଦଫା ଦାବି ନେଇ ମୁଖ୍ୟମନ୍ତ୍ରୀଙ୍କ ଉଦେଶ୍ୟରେ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ କରାଯାଇଛି କ୍ଷ ୨୦୧୫ ମସିହାରୁ ଆସୋସିଏସନ ପକ୍ଷରୁ ବିଭିନ୍ନ ଦାବିକୁ ନେଇ ସରକାରଙ୍କ ସମ୍ମୁଖରେ ଉପସ୍ଥାପନା କରିଥିଲେ ମଧ୍ୟ ହେଲେ ଆଜି ପର୍ଯ୍ୟନ୍ତ ତାହାର ସମାଧାନ ହୋଇପାରିଲା ନାହିଁକ୍ଷ ସ୍ୱତନ୍ତ୍ର ରଙ୍ଗତୁଳୀ କଲ୍ୟାଣ ବୋର୍ଡ ଗଠନ, ବୋର୍ଡ ମାଧ୍ୟମରେ କାମ ଓ ସାମାଜିକ ସୁରକ୍ଷା, ୬୦ ବର୍ଷରୁ ଉର୍ଦ୍ଧ ରଙ୍ଗତୁଳୀ କଳାକାରଙ୍କୁ ପେନସନ ପ୍ରଦାନ,ଠିକାଦାର ପ୍ରଥା ସମ୍ପୂର୍ଣ୍ଣ ବାତିଲ କରିବା, ରଙ୍ଗତୁଳୀ କଳାକାରଙ୍କୁ ବିଶ୍ୱକର୍ମା ଯୋଜନାରେ ସାମିଲ କରିବା ଦୁର୍ଘଟଣାଜନିତ ମୃତ୍ୟୁ ପାଇଁ ୨୦ ଲକ୍ଷ ଟଙ୍କା ଓ ସ୍ୱାଭାବିକ ମୃତ୍ୟୁ ମୃତ୍ୟୁ ପାଇଁ ୧୦ଲକ୍ଷ ଟଙ୍କା ସହାୟତା ପ୍ରଦାନ ବିଜ୍ଞାପନରେ ପରିବେଶ ଓ ରାଜ୍ୟର ପ୍ରତି ବ୍ଲକରେ ରଙ୍ଗତୁଳୀ କଳାକାରଙ୍କ ପାଇଁ ଗୋଷ୍ଠୀ କର୍ମଶାଳା ଗୃହ ଯୋଗାଇଦେବା ଆଦି ୧୨ ଦଫା ଦାବିନେଇ ଜିଲ୍ଲାପାଳଙ୍କୁ ସଂଘ ପକ୍ଷରୁ ପ୍ରଦାନ କରାଯାଇଛି କ୍ଷ ଏହି ଦାବିପତ୍ର ପ୍ରଦାନରେ ଜିଲ୍ଲା ସଭାପତି ଲୋକନାଥ ଦାସ ଜିଲ୍ଲା ସମ୍ପାଦକ ଜ୍ୟୋତିରଞ୍ଜନ ରାୟଙ୍କ ନେତୃତ୍ୱରେ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ କରାଯାଇଛ।

# କଳାତାଲିକାଭୁକ୍ତ କମ୍ପାନୀ ୱାପ୍‌କସ୍‌କୁ ୩୦୦ କୋଟି ଟଙ୍କାର କାର୍ଯ୍ୟାଦେଶ ଦେବା ବିରୁଦ୍ଧରେ ପ୍ରଦେଶ ଯୁବ କଂଗ୍ରେସ ପକ୍ଷରୁ ଅନୁସୂଚିତ ଜାତି ଓ ଜନଜାତି କଲ୍ୟାଣମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡଙ୍କ ସରକାରୀ ବାସଭବନ ଘେରାଉ



ଭୁବନେଶ୍ୱର (ପି.ଏନ): ପ୍ରଦେଶ ଯୁବ କଂଗ୍ରେସ ପକ୍ଷରୁ ଆଜି ରଣଜିତ ପାତ୍ରଙ୍କ ନେତୃତ୍ୱରେ କଳା ତାଲିକାଭୁକ୍ତ କମ୍ପାନୀ ୱାପ୍‌କସକୁ ଜନଜାତି ଐତିହ୍ୟ ଓ ସ୍ୱାଭିମାନ ଭବନ, ଜନଜାତି ଭାଷା ଏବଂ ସଂସ୍କୃତି ପ୍ରତିଷ୍ଠାନ, ଆଶ୍ରମ ସ୍କୁଲର ପାହ୍ୟାବୃଦ୍ଧି ପାଇଁ ପ୍ରକଳ୍ପଗୁଡ଼ିକ ନିର୍ମାଣ କରିବାକୁ ୩୦୦ କୋଟି ଟଙ୍କାରେ କାର୍ଯ୍ୟାଦେଶ ଦେବା ପ୍ରତିବାଦରେ ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ବିଭାଗର ମନ୍ତ୍ରୀ ଶ୍ରୀ ନିତ୍ୟାନନ୍ଦ ଗଣ୍ଡଙ୍କ ସରକାରୀ ବାସଭବନକୁ ଘେରାଉ କରାଯାଇଥିଲା। ଶ୍ରୀ ପାତ୍ର କହିଛନ୍ତି ଯେ ବିଜେପି ସରକାର କେବଳ କଳା ତାଲିକାଭୁକ୍ତ କମ୍ପାନୀକୁ ନେଇ ଉନ୍ନୟନ କାର୍ଯ୍ୟ କରୁଛି। ଏହି ପରିପ୍ରେକ୍ଷୀରେ ପୂର୍ବତନ ପ୍ରଦେଶ ଛାତ୍ର ସଭାପତି ତଥା ଭୁବନେଶ୍ୱର କଂଗ୍ରେସ ଲୋକସଭା ପ୍ରାର୍ଥୀ ସୟଦ ୟାସିର ନୱାଜ କହିଛନ୍ତି ଯେ, ବିଧାନସଭାରେ ସୁନ୍ଦରଗଡ଼ ବିଧାୟକଙ୍କ ପ୍ରଶ୍ନର ଉତ୍ତର ଦେଇ ଗତା. ୨୨/୦୮/୨୪ରିଖରେ ଓଡ଼ିଶାର ମୁଖ୍ୟମନ୍ତ୍ରୀ ଶ୍ରୀ ମୋହନ ଚରଣ ମାଝୀ କହିଲେ ଯେ, ଜିଲ୍ଲା ଖଣିଜ ପ୍ରତିଷ୍ଠାନ, ସୁନ୍ଦରଗଡ଼ରୁ ପ୍ରାପ୍ତ ତଥ୍ୟ ଅନୁଯାୟୀ ସୁନ୍ଦରଗଡ଼ ସହରର ମଧ୍ୟ ଭାଗରେ ଥିବା ବିଜୁଳି ବନ୍ଧ (ପୋଖରୀ)ର ସୌନ୍ଦର୍ଯ୍ୟକରଣ ପାଇଁ ଡି.ଏମ୍.ଏଫ୍ ତରଫରୁ ୩୦ କୋଟି ଟଙ୍କା ବ୍ୟୟ ଅଟକଳ କରାଯାଇଥିଲା। ଏହି କାର୍ଯ୍ୟଟି ୱାପ୍‌କସ୍ କମ୍ପାନୀ ଦ୍ୱାରା ସମ୍ପାଦିତ ହୋଇଥିଲା। ବାରମ୍ବାର କାର୍ଯ୍ୟ ସମୀକ୍ଷା କଲାପରେ ଏହି ସଂସ୍ଥାକୁ ବାରମ୍ବାର ଅନୁସ୍ମାରକ ଦିଆଯାଇଥିବା ସତ୍ତ୍ୱେ କାର୍ଯ୍ୟରେ କୌଣସି ପ୍ରକାର ଅଗ୍ରଗତି ନ ହେବାରୁ ୱାପ୍‌କସ୍ କମ୍ପାନୀଙ୍କୁ ପତ୍ର ସଂଖ୍ୟା-୧୧୨୯/ଡ଼ି.ଏମ୍.ଏଫ୍ ତା. ୦୪/୦୩/୨୪ ରିଖ ମାଧ୍ୟମରେ କଳା ତାଲିକାଭୁକ୍ତ କରି କାର୍ଯ୍ୟରୁ ଅନ୍ତର କରାଗଲା। ମାତ୍ର ଆଶ୍ଚର୍ଯ୍ୟର କଥା ଏହି କି ଯେ, ତତ୍‌କାଳୀନ ଓଡ଼ିଶା ସରକାରଙ୍କ ଅନୁସୂଚିତ ଜାତି ଓ ଅନୁସୂଚିତ ଜନଜାତି ବିଭାଗର ପ୍ରିନ୍‌ସିପାଲ ସଚୀବ ଶ୍ରୀ ବିଷ୍ଣୁପଦ ସେଠୀ ୱାପ୍‌କସ୍‌କୁ ଜନଜାତି, ଐତିହ୍ୟ ଓ ସ୍ୱାଭିମାନ ଭବନ, ଜନଜାତି ଭାଷା ଓ ସଂସ୍କୃତି ପ୍ରତିଷ୍ଠାନ ନିର୍ମାଣ କରିବାକୁ ପତ୍ର ସଂଖ୍ୟା-୨୧୪୨୬, ତାରିଖ-୧୭/୧୦/୨୪ ରିଖରେ କାର୍ଯ୍ୟାଦେଶ ଦେଇଛନ୍ତି। ପୁନଶ୍ଚ ପତ୍ର ସଂଖ୍ୟା-୨୧୬୨୬, ତା. ୧୯/୧୦/୨୦୨୪ ରିଖରେ ଆଶ୍ରମ ସ୍କୁଲର ପାହ୍ୟା ବୃଦ୍ଧି ପାଇଁ ପ୍ରକଳ୍ପ ନିର୍ମାଣ କାର୍ଯ୍ୟାଦେଶ ମଧ୍ୟ ଦିଆଯାଇଛି। ସମୁଦାୟ ୩୦୦ କୋଟି ଟଙ୍କାର କାର୍ଯ୍ୟାଦେଶ ଦିଆଯାଇଛି। ସୁନ୍ଦରଗଡ଼ ବିଧାୟକଙ୍କ ପ୍ରଶ୍ନ ଥିଲା ଯେ ବିଜୁଳି ବନ୍ଧ (ପୋଖରୀ) ନିର୍ମାଣ କାର୍ଯ୍ୟ ନିମ୍ନମାନର କରୁଥିଲା ଏବଂ କାର୍ଯ୍ୟର ଅଗ୍ରଗତି ମଧ୍ୟ ହେଉନଥିଲା। ଆଶ୍ଚର୍ଯ୍ୟର କଥା ଏହି କି ଯେ, ମୁଖ୍ୟମନ୍ତ୍ରୀ ଶ୍ରୀ ମୋହନ ମାଝି, ଆଦିବାସୀ ଅନୁସୂଚିତ ଜାତି ଓ ଅନୁସୂଚିତ ଜନଜାତି ବିଭାଗର ମନ୍ତ୍ରୀ ଶ୍ରୀ ନିତ୍ୟାନନ୍ଦ ଗଣ୍ଡ ଏବଂ ବିଭାଗୀୟ ସଚିବ ଶ୍ରୀ ବିଷ୍ଣୁପଦ ସେଠୀ କିଭଳି ଭାବରେ ଏକ କଳା ତାଲିକାଭୁକ୍ତ କମ୍ପାନୀକୁ ପୁନର୍ବାର ୩୦୦ କୋଟି ଟଙ୍କାର କାର୍ଯ୍ୟାଦେଶ ଦେଲେ। ନିଶ୍ଚିତ ଭାବରେ ୱାପ୍‌କସ୍ ଏହି ତ୍ରିମୂର୍ତ୍ତିଙ୍କୁ ସନ୍ତୁଷ୍ଟ କରିବାରେ ସକ୍ଷମ ହୋଇପାରିଛି। ସାଧୁତାର ଡେଙ୍ଗୁରା ପିଟୁଥିବା ମୁଖ୍ୟମନ୍ତ୍ରୀ ମୋହନ ମାଝୀ ଏ ସଂପର୍କରେ ଓଡ଼ିଶାବାସୀଙ୍କୁ ଜଣାନ୍ତୁ। ଆଦିବାସୀ ଓ ଦଳୀତ ଲୋକଙ୍କ ପାଇଁ ଉଦ୍ଦିଷ୍ଟ ଅର୍ଥକୁ ଶୋଷଣ କରାଯାଉଛି। ଗୋଟିଏ ପକ୍ଷରେ ଡି.ଏମ୍.ଏଫ୍ ପଣ୍ଡର ଅର୍ଥ ଲୁଟ୍ ହେଲା। ଅନ୍ୟପକ୍ଷରେ ଲାଞ୍ଚକାରବାର ହୋଇ ସେହି କଳା ତାଲିକାଭୁକ୍ତ କମ୍ପାନୀଙ୍କୁ ୩୦୦ କୋଟି ଟଙ୍କାର କାର୍ଯ୍ୟାଦେଶ ଦିଆଗଲା। ଏହି ରାଜ୍ୟରେ ବିଜେପି ଶାସନରେ ସରକାର କେବଳ କଳାତାଲିକାଭୁକ୍ତ କମ୍ପାନୀଗୁଡ଼ିକୁ ନେଇ ଗୁରୁତ୍ୱପୂର୍ଣ୍ଣ ପ୍ରକଳ୍ପ ସବୁ କରୁଛନ୍ତି। ଆମେ ପୂର୍ବରୁ କଳାତାଲିକାଭୁକ୍ତ କମ୍ପାନୀ ରଞ୍ଜିତ୍ ବିଲ୍ଡକନ୍, ଯିଏକି ଭୁବନେଶ୍ୱର ମେଟ୍ରୋ ରେଳବାଇ ପ୍ରକଳ୍ପ କାର୍ଯ୍ୟାଦେଶ ନେଇଛି ତା'ର ପ୍ରତିବାଦ କରିଥିଲୁ। କିନ୍ତୁ ଆମେ ଦେଖିଲୁ ଯେ ଏ ସରକାର କେବଳ ଠକ କମ୍ପାନୀମାନଙ୍କ ସହ ମଧୁଚନ୍ଦ୍ରିକା କରୁଛନ୍ତି। ମୁଖ୍ୟମନ୍ତ୍ରୀ ଆଦିବାସୀ, ଅନୁସୂଚିତ ଜାତି ଓ ଜନଜାତି ବିଭାଗର ମନ୍ତ୍ରୀ ମଧ୍ୟ ଆଦିବସୀ ଏବଂ ବିଭାଗୀୟ ସଚୀବ ମଧ୍ୟ ଦଳିତ ବର୍ଗର। ଏହି ତ୍ରିମୂର୍ତ୍ତି ଷଡ଼ଯନ୍ତ୍ର କରି ଆଦିବାସୀ ଓ ଦଳିତମାନଙ୍କର ଉନ୍ନୟନ ପାଇଁ ଉଦିଷ୍ଟ ସରକାରୀ ଅର୍ଥକୁ ହଡପ୍ କରିବାକୁ ଷଡ଼ଯନ୍ତ୍ର କରିଛନ୍ତି। ସୁତରାଂ ବିଜେପି ଦଳ ଏକ କଳା ଦଳ ଓ ବିଜେପି ସରକାର ଏକ କଳା ସରକାର। ଏହି ଘଟଣାର ଉଚ୍ଚସ୍ତରୀୟ ତଦନ୍ତ ହେବା ସହ ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡଙ୍କୁ ମନ୍ତ୍ରୀପଦରୁ ବହିଷ୍କାର ଏବଂ ବିଭାଗୀୟ ସଚିବଙ୍କ ଉପରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ପାଇଁ ଆମେ ଦାବି କରୁଛୁ। ତୁରନ୍ତ ସେହି କଳା ତାଲିକାଭୁକ୍ତ କମ୍ପାନୀ ୱାପ୍‌କସ୍‌ର କାର୍ଯ୍ୟାଦେଶ ପ୍ରତ୍ୟାହାର କରିବାକୁ ଦାବି କରୁଛୁ। ଯଦି ସରକାର ତୁରନ୍ତ ପଦକ୍ଷେପ ନ ନିଅନ୍ତି ତେବେ ଆନ୍ଦୋଳ ତୀବ୍ରତର ହେବ। ଏହି କାର୍ଯ୍ୟକ୍ରମରେ ମନୋଜ ବିଶ୍ୱାଳ, ଅଜୟ ସାହୁ, ମହମ୍ମଦ ଗୁଲଫାମ୍, ନିହାର ବେହେରା, ଗଣେଷ ଦାସ, ମିର୍ଜା ଇସ୍‌ଲାମ୍ ବେଗ୍, ଆଶିଷ ମହନ୍ତ, ମହମ୍ମଦ ପରଭେଜ୍, ଗୋପନ ମାର୍ଥା, ବାବୁ ଜେନା, ବଳରାମ ନନ୍ଦ, କାର୍ତ୍ତିକ କାଣ୍ଡି, ଲିପିକା ପାତ୍ର, ସୁରଜ ରାଉତ, ସଂକୁନା କଅଁର, ସାଗର ପଟ୍ଟନାୟକ,ରାମେଶ୍ୱର ଶତପଥି, ସୌମ୍ୟ ବରାଳ, ପ୍ରତିମାନ ନାୟକ, ରାଜେଶ ଦାସ ଓ ବଳରାମ ସାହୁ ପ୍ରମୁଖ ଅଂଶ ଗ୍ରହଣ କରିଥିଲେ।

*ରଣଜିତ ପାତ୍ର, ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ*






Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray